ଶ୍ରୀମଦ୍‌ଭାଗବତ

ଦ୍ୱିତୀୟ ସ୍କନ୍ଧ

ପ୍ରଥମ ଅଧ୍ୟାୟ

ସୂତ ଉବାଚ

ହରି-ଚରଣ ଚିନ୍ତି ଧ୍ୟାନେ । କୋମଳ-ଗଭୀର-ବଚନେ ।। ୧
ରୋମପୁଲକ ନିଜଦେହୀ । ଶୁକ କହନ୍ତି ରାଜା ଚାହିଁ ।। ୨

ଶୁକ ଉବାଚ

ହେ ପରୀକ୍ଷିତ ନୃପବର । ଗରିଷ୍ଠ ପ୍ରଶ୍ନ ଏ ତୋହର ।। ୩
ପଚାରୁ ଜୀବଲୋକ ହିତେ । ଯେ ପ୍ରଶ୍ନ ଅଛି ତୋର ଚିତ୍ତେ ।। ୪
ଏ ଆତ୍ମଜ୍ଞାନୀଙ୍କର ସାର । ସଂସାରେ ଜନଉପକାର ।। ୫
ଶ୍ରୋତବ୍ୟ ପ୍ରଶ୍ନ ଅଛି ଯେତେ । ଆଗମ ନିଗମ ଭକତେ ।। ୬
ସହସ୍ର ସହସ୍ର ପ୍ରକାରେ । ଯେ ପ୍ରଶ୍ନ ଅଛି ଏ ସଂସାରେ ।। ୭
ସଂସାର କରିବାର ଆଶେ । ଯେତେ ଅଛନ୍ତି ଗୃହବାସେ ।। ୮
ଇନ୍ଦ୍ରିୟବଶେ ଗୃହେ ଥାଇ । ଆତ୍ମାର ହିତେ ଜ୍ଞାନ ନାହିଁ ।। ୯
ଆୟୁଷ କ୍ଷୟ ନ ଜାଣନ୍ତି । ବିଷୟ ଅର୍ଥ ନିତ୍ୟେ ଚିନ୍ତି ।। ୧୦
ନିଶା ହରଇ ଅର୍ଦ୍ଧବେଳ । ନିଦ୍ରା ବା ବଧୂ ସଙ୍ଗ ମେଳ ।। ୧୧
ଦିବସେ ଅର୍ଥ ଚିନ୍ତାକୁଳ । କୁଟୁମ୍ବପୋଷଣେ ବିକଳ ।। ୧୨
ସୁତ-କଳତ୍ର ଦେହ ପାଇ । ଆନନ୍ଦେ ତାଙ୍କ ମଧ୍ୟେ ଥାଇ ।। ୧୩
ବିଷ୍ଣୁର ମାୟା ସତ୍ୟ ଚିନ୍ତି । ନିକଟେ ମୃତ୍ୟୁ ନ ଦେଖନ୍ତି ।। ୧୪
ମରଣ ଦେଖୁଥାନ୍ତି ଡୋଳେ । ଅଜ୍ଞାନେ ଭ୍ରମେ ସୁଖଭୋଳେ ।। ୧୫
ଏଣୁ ସଂସାର ପ୍ରାଣୀଙ୍କର । ଆତ୍ମାର ଗତି ଅଗୋଚର ।। ୧୬
ଏଣୁ ସଂସାର ଭାବ ତେଜି । ଆତ୍ମାର ଗତି ଚିତ୍ତେ ହେଜି ।। ୧୭

ଯେ ହରି ସର୍ବଘଟେ ପୂରେ । ନିର୍ଲେପ ବାହ୍ୟ-ଅଭ୍ୟନ୍ତରେ ।। ୧୮
ତାର ମହିମା ଶୁଣି କର୍ଣ୍ଣେ । ନାମକୁ ଉଚ୍ଚାରି ବଦନେ ।। ୧୯
ସ୍ମରଣ କର ହୃଦଗତେ । ଯେବେ ଅଭୟ-ଇଚ୍ଛା ଚିତ୍ତେ ।। ୨୦
ଏକଥା ସାଂଖ୍ୟଯୋଗେ ଜାଣି । ସ୍ୱଧର୍ମନିଷ୍ଠା ପରିମାଣି ।। ୨୧
ଜନ୍ମର ଲାଭ ଏ ପ୍ରମାଣ । ଅନ୍ତେ ସ୍ମରଣ ନାରାୟଣ ।। ୨୨
ପୂର୍ବେ ନିର୍ମଳ-ମୁନି ଯେତେ । ତତ୍ତ୍ୱ ବିଚାରି ବେଦମତେ ।। ୨୩
ବିଧି ନିଷେଧ ଦୂର କରି । କୃଷ୍ଣର ଭାବ ହୃଦେ ଧରି ।। ୨୪
କୃଷ୍ଣର ଗୁଣ ଅନୁକ୍ଷଣେ । ଗୁଣନ୍ତି ଶୁଣନ୍ତି ଶ୍ରବଣେ ।। ୨୫
ଏ ଭାଗବତ ଧର୍ମବାଣୀ । ବ୍ରହ୍ମସମାନେ ପରିମାଣି ।। ୨୬
ଦ୍ୱାପରଯୁଗ ଅନ୍ତଃକାଳେ । ମୁଁ ଯେ ଅନେକ ଶିଷ୍ୟମେଳେ ।। ୨୭
ମୋର ଜନକ ବ୍ୟାସମୁନି । ତାହାଙ୍କ ଶିକ୍ଷା ଶିରେ ଘେନି ।। ୨୮
ନିର୍ଗୁଣ ମାର୍ଗେ ଦୃଢ଼ଚିତ୍ତ । ବିଷ୍ଣୁର ଭାବ ହେଲା ଜାତ ।। ୨୯
ନିଶ୍ଚଳ ଯୋଗେ ମନ ଥୋଇ । ଯେବା ଅଭ୍ୟାସ କଲି ମୁହିଁ ।।୩୦
କହିବି ତୋର ଆଗେ ତାହା । ଶୁଣ ପରୀକ୍ଷ ପୁଣ୍ୟଦେହା ।।୩୧
ଏ ଭାଗବତ ବାଣୀ କର୍ଣ୍ଣେ । ଯେ ଶୁଣେ ଶ୍ରଦ୍ଧା ଅବଧାନେ ।।୩୨
ମୁକୁନ୍ଦପାଦେ ତାଙ୍କ ମନ । ନିଶ୍ଚଳେ ରହେ ଅନୁକ୍ଷଣ ।।୩୩
ମୋକ୍ଷ ଇଚ୍ଛିଲା ପ୍ରାଣୀଙ୍କର । ହରିକୀର୍ତ୍ତନ ଅଟେ ଫଳ ।।୩୪
ତାକୁ ନ ଲାଗେ ଯମଭୟେ । ନିର୍ଭୟପଥେ ଚିତ୍ତ ରହେ ।।୩୫
ଯୋଗ ଅଭ୍ୟାସେ ଯୋଗୀଜନେ । ଦୀର୍ଘେ ଜୀବନ୍ତି ଯୋଗଧ୍ୟାନେ ।।୩୬
ଯେବେ ସେ କୃଷ୍ଣନାମ ମୁଖେ । କହନ୍ତି ଏକକୁ ଆରକେ ।।୩୭
ଦିନ ବଞ୍ଚନ୍ତି କୃଷ୍ଣ-ଗାଇ । ଅନ୍ତରେ ତାର ପଦ ଧ୍ୟାୟି ।।୩୮
ଯେ ହରି ନ ବୋଲେ ବଦନେ । କି ପ୍ରୟୋଜନ ଯୋଗଧ୍ୟାନେ ।।୩୯
କାଳ ନିର୍ଣ୍ଣୟ ନାହିଁ ତହିଁ । ହେ ନୃପ ଶୁଣ ମନଦେଇ ।।୪୦
ମୁହୂର୍ତ୍ତମାତ୍ରେ କୃଷ୍ଣବାଣୀ । ଯେ ଶୁଣେ ଯେବା ମୁଖେ ଭଣି ।।୪୧
ସେ ପ୍ରାଣୀ ଆତ୍ମାକୁ ଉଦ୍ଧରେ । କି ଭାବ ବହୁ ସମ୍ବତ୍ସରେ ।।୪୨
ଖଟ୍ୱାଙ୍ଗ ନାମେ ରାଜା ଥିଲା । ସ୍ୱର୍ଗେ ଦେବଙ୍କୁ ହିତ କଲା ।।୪୩
ରିପୁ ସଂହାରି ଦେବପାଶେ । ମିଳିଲା ଭକତି-ବିଶ୍ୱାସେ ।।୪୪

ଦେବେ ବୋଇଲେ ମାଗ ବର । ଶୁଣି ବୋଇଲା ନୃପବର ।।୪୫
ଆୟୁଷ ଅଛଇ ମୋ କେତେ । ଦେବେ କହିଲେ ଶାସ୍ତ୍ରମତେ ।।୪୬
ମୁହୂର୍ତ୍ତେ ଅଛି ତୋ ଜୀବନ । ତାଶୁଣି ସନ୍ତୋଷ ରାଜନ ।।୪୭
ତକ୍ଷଣେ ଆସି ମହୀତଳେ । ଭାବିଲା ଅକିଞ୍ଚନ ମେଳେ ।।୪୮
ମୁହୂର୍ତ୍ତେ ନାମ ଉଚ୍ଚାରିଲା । ଅନ୍ତେ ସେ ଗୋବିନ୍ଦେ ପଶିଲା ।।୪୯
ଏବେ ସପତଦିନ ଯାଏ । ଜୀବନ ଥିବ ତୋର ଦେହେ ।।୫୦
ଏବେ ହରିଙ୍କ ଆଶ୍ରେକର । କର୍ଣ୍ଣେ ଶୁଣ ମୁଖେ ଉଚ୍ଚାର ।।୫୧
ଯେ ଅନ୍ତଃକାଳେ କୃଷ୍ଣବାଣୀ । ମୁଖେ ଉଚ୍ଚାରେ କର୍ଣ୍ଣେ ଶୁଣି ।।୫୨
ତାହାର ମୃତ୍ୟୁଭୟ ନୋହେ । ଦାରାତନୟ ନିଜ ଦେହେ ।।୫୩
ଯେତେ ବିଷୟ ଆତ୍ମାଭେଦି । ଅସଙ୍ଗଶସ୍ତ୍ରେ ତାହା ଛେଦି ।।୫୪
ବେଗେ ସେ ପଶେ କୃଷ୍ଣଭାବେ । ଶୁଣ କହିବା ତୋତେ ଏବେ ।।୫୫
ଯେ ପ୍ରାଣୀ ଅନ୍ତଃକାଳ ଜାଣି । ଆତ୍ମାର ହିତ ମନେ ଗୁଣି ।।୫୬
ଘରୁ ବାହାର ହୋଇ ଜ୍ଞାନେ । ତପଆଚରେ ଘୋରବନେ ।।୫୭
ସ୍ନହାନ ସାରି ତୀର୍ଥଜଳେ । ଆସନେ ବସିବ ନିଶ୍ଚଳେ ।।୫୮
ଏକାନ୍ତେ ଯେ ବିଧି ଆସନେ । ପ୍ରଥମ-ଆଶ୍ରମ ଲକ୍ଷଣେ ।।୫୯
ଅଭ୍ୟାସ କରି ଶୁଦ୍ଧମନେ । ତ୍ରିବୃତ-ବ୍ରହ୍ମ ସୁମରଣେ ।।୬୦
ପ୍ରାଣ ପବନ ଯୋଗେ ରୁନ୍ଧି । ଚଞ୍ଚଳ ଇନ୍ଦ୍ରିୟ ନିରୋଧି ।।୬୧
ବୁଦ୍ଧି-ସାରଥି ଆଶ୍ରେ କରି । ବିଷୟ-ସମୂହ ସଂହରି ।।୬୨
କର୍ମେ ଚଞ୍ଚଳମନ ବଳେ । ନିରୋପି କୃଷ୍ଣ-ପାଦତଳେ ।।୬୩
ତାର ଶରୀର ଅବୟବେ । ଚିନ୍ତିବ ଏକେ ଏକେ ଭାବେ ।।୬୪
ମନକୁ ନିର୍ବିଷୟ କରି । ସକଳଚିନ୍ତା ପରିହରି ।।୬୫
ମନ ପ୍ରସନ୍ନ ଯେତେବେଳେ । ଜ୍ଞାନ-ପ୍ରସରେ ସୁନିଶ୍ଚଳେ ।।୬୬
ସ୍ୱଭାବେ ମନ ଦୁଷ୍ଟପଣେ । ଆବୃତ ରଜ ତମୋ ଗୁଣେ ।।୬୭
ଏଣୁ ଧାରଣା ଆଶ୍ରେ କରି । ମନର ମଳ ଅପହରି ।।୬୮
ଏମନ୍ତ ଯୋଗର ଧାରଣ । ଯୋଗୀଙ୍କ ଭକତି ଲକ୍ଷଣ ।।୬୯
ଯେ ଭକ୍ତି-ଧାରଣାର ବଳେ । ଯୋଗପ୍ରାପତ ଅଳ୍ପକାଳେ ।।୭୦
ବିଷୟ ଦେଖଇ ମଙ୍ଗଳ । କୃଷ୍ଣେ କରଇ ସର୍ବମେଳ ।।୭୧
ଏମନ୍ତ ଶୁକ ମୁଖୁ ଶୁଣି । ବୋଲେ ପାଣ୍ଡବ-ଚୂଡ଼ାମଣି ।।୭୨

ରାଜା ଉବାଚ

ଧାରଣା-ଯୋଗ ଚିତ୍ତେ ଧରି । ଯେମନ୍ତେ ତରେ ବ୍ରହ୍ମଚାରୀ ।।୭୩
ଯେମନ୍ତ ଧାରଣା ନିଶ୍ଚଳ । ବେଗେ ହରଇ ମନୁ ମଳ ।।୭୪
ଏ ଯୋଗଧାରଣା ସ୍ୱଭାବ । ଯେ ଶାସ୍ତ୍ରମାର୍ଗେ ଅନୁଭବ ।।୭୫
ଗୁରୁ ବଚନେ କିବା ଜାଣି । ଯୋଗଧାରଣା ପରିମାଣି ।।୭୬
ଯେଣେ ଅଭ୍ୟାସ ପ୍ରାଣୀକରେ । ଯେମନ୍ତେ ମନୁ ମଳ ହରେ ।।୭୭
କହି ପବିତ୍ର ମୋତେ କର । ନିର୍ମଳ ହେଉ ମୋ ଶରୀର ।।୭୮
ଏମନ୍ତ ରାଜା ପ୍ରଶ୍ନ ଶୁଣି । ଶୁକ କହନ୍ତି ମନେ ଗୁଣି ।।୭୯

ଶୁକ ଉବାଚ

ଜିତ ଆସନ ଜିତ ପ୍ରାଣ । ଜିତ ବିଷୟ ଇନ୍ଦ୍ରିଗଣ ।।୮୦
ସ୍ଥୂଳ ଶରୀରେ ବୁଦ୍ଧିବଳେ । ମନକୁ ସ୍ଥାପିବ ନିଶ୍ଚଳେ ।।୮୧
ବିଶେଷେ ଗୋବିନ୍ଦ ଶରୀର । ଅତ୍ୟନ୍ତ ସ୍ଥୂଳୁ ସ୍ଥୂଳତର ।।୮୨
ଯହିଁ ସଂସାର ପରମାଣ । ଭୂତ-ଭବିଷ୍ୟ-ବର୍ତ୍ତମାନ ।।୮୩
ବ୍ରହ୍ମାଣ୍ଡ ବସେ ଯାର ଦେହି । ସପ୍ତାବରଣେ ଯୁକ୍ତ ହୋଇ ।।୮୪
ବିରାଜ-ପୁରୁଷ ଏ ମଧ୍ୟେ । ବସେ ଧାରଣା ଅନୁବାଦେ ।।୮୫
ବ୍ରହ୍ମାଣ୍ଡ ଚତୁର୍ଦ୍ଦଶ-ପୁର । ପ୍ରମାଣ ଯାହାର ଶରୀର ।।୮୬
ଶୁଣ କହିବା ଅଧଉର୍ଦ୍ଧ୍ୱେ । ବିରାଟରୂପ ଥାଇ ମଧ୍ୟେ ।।୮୭
ପାତାଳ ବୋଲି ପାଦମୂଳ । ପାର୍ଷ୍ଣି ପାଦଗ୍ର ରସାତଳ ।।୮୮
ଚରଣ ଗୁଳ୍‌ଫେ ମହାତଳ । ଜଂଘଯୁଗଳ ତଳାତଳ ।।୮୯
ସୁତଳ ବୋଲି ଜାନୁଯୁଗେ । ବିତଳାତଳ ଉରୁଭାଗେ ।।୯୦
ଜଘନଦେଶ ମହୀତଳ । ନାଭିମଣ୍ଡଳ ନଭସ୍ଥଳ ।।୯୧
ସ୍ୱର୍ଲୋକ ହୃଦୟରେ ବସେ । ଜ୍ୟୋତିସମୂହ ପରକାଶେ ।।୯୨
କଣ୍ଠ ଆଶ୍ରିତ ମହର୍ଲୋକ । ବଦନେ ବଶେ ଜନଲୋକ ।।୯୩
ଲଲାଟେ ତପଲୋକ ବସେ । ସତ୍ୟ କଳ୍ପିତ ଶିରଦେଶେ ।।୯୪
ବାସବ ଆଦି ଦିଗପାଳ । ଯାହାର ଭୁଜ ସୁବିଶାଳ ।।୯୫

କର୍ଣ୍ଣ ଯାହାର ଅଷ୍ଟଦିଶା । ଅଶ୍ୱିନୀକୁମାରେ ଯା ନାସା ॥୯୬
ଜ୍ୱଳନ୍ତା ଅଗ୍ନି ଯା ବଦନ । ନୟନ ଗୋଲୋକ ଗମନ ॥୯୭
ତପନ ଯାର ଚକ୍ଷୁବେନି । ଉଦୟ ଅସ୍ତ ପକ୍ଷୁ ବେନି ॥୯୮
ଯାର ଭ୍ରୂଭଙ୍ଗ ବ୍ରହ୍ମପଦ । ସଲିଳ ତାଳୁ ରସଜିହ୍ୱ ॥୯୯
ସକଳ ବେଦ ବ୍ରହ୍ମରନ୍ଧ୍ର । ବିକଟ ଦନ୍ତ ଯମପଦ ॥୧୦୦
ଯାହାର ତୁଣ୍ଡେ ସ୍ନେହକଳା । ଅଧଉର୍ଦ୍ଧ୍ୱରେ ଦନ୍ତମାଳା ॥୧୦୧
ଜନଉନ୍ମାଦ ଯାର ହାସ । ଯେ ବିଷ୍ଣୁମାୟାର ପ୍ରକାଶ ॥୧୦୨
ସଂସାର ଯାହାର କଟାକ୍ଷ । ଏ ଜୀବ ଲଭେ ଯା ପ୍ରତ୍ୟକ୍ଷ ॥୧୦୩
ଉପର ଓଷ୍ଠେ ଲଜ୍ଜା ବସେ । ଲୋଭ ବସଇ ଅଧୋଦେଶେ ॥୧୦୪
ଧର୍ମ ବସଇ ସ୍ତନଯୁଗେ । ଅଧର୍ମପଥ ପୃଷ୍ଠଭାଗେ ॥୧୦୫
ଅଣ୍ଡେ ବସଇ ପ୍ରଜାପତି । ମିତ୍ରାବରୁଣ କୋଷେ ସ୍ଥିତି ॥୧୦୬
ଉଦଧି ଯାହାର ଉଦର । ଅସ୍ଥିସମୂହ ମହୀଧର ॥୧୦୭
ଶିରାସମୂହ ନଦୀଗଣ । ବୃକ୍ଷଔଷଧି ତନୁରୋମ ॥୧୦୮
ଅନନ୍ତବୀର୍ଯ୍ୟ ଯହିଁ ବସେ । ଶ୍ୱାସପବନ ଅଣଚାଶେ ॥୧୦୯
ଯାହାର ଗତି ଜାଣ କାଳ । ଜୀବ ସଂସାର ଯାର ଖେଳ ॥୧୧୦
ଜୀମୂତଗଣ ଯାର କେଶ । ସନ୍ଧ୍ୟା ଯାହାର ନିଜବାସ ॥୧୧୧
ପ୍ରକୃତି ହୃଦୟ ଯାହାର । ଯାହାର ମନ ନିଶାକର ॥୧୧୨
ହେ କୁରୁଶ୍ରେଷ୍ଠ ପରୀକ୍ଷିତ । ଈଶ୍ୱର ସର୍ବ କୋଷଭୂତ ॥୧୧୩
ବିଜ୍ଞାନଶକ୍ତି ଯା ମହିମା । ଅନ୍ତଃକରଣ ରୁଦ୍ରସୀମା ॥୧୧୪
କଳଭ ଅଶ୍ୱ ଅଶ୍ୱତର । ନଖସମୂହ କରିବର ॥୧୧୫
ଯେ ପଶୁ ମୃଗାଦି ବିଶେଷେ । ସର୍ବ କଳ୍ପିତ ଶ୍ରୋଣୀଦେଶେ ॥୧୧୬
ପକ୍ଷିଏ ଯାର ବ୍ୟାକରଣ । ବୁଦ୍ଧି ବିଷୟ ମନୁଗଣ ॥୧୧୭
ଯାର ନିବାସ ନରଦେହ । ଯହିଁ କଳ୍ପିତ ମାୟାମୋହ ॥୧୧୮
ଗନ୍ଧର୍ବ ବିଦ୍ୟାଧର ଆଦି । ଚାରଣ ଗଣିକା ପ୍ରସିଦ୍ଧି ॥୧୧୯
କିନ୍ନରଗଣ ଯାର ସ୍ୱର । ବୀର୍ଯ୍ୟରେ କଳ୍ପିତ ଅସୁର ॥୧୨୦
ବ୍ରାହ୍ମଣ ଯାର ମୁଖୁ ଜାତ । କ୍ଷତ୍ରିୟ ଭୁଜରୁ ସମ୍ଭୂତ ॥୧୨୧
ଉରୁରୁ ବୈଶ୍ୟ ଉତପତ୍ତି । ପାଦରୁ ଜନ୍ମ ଶୂଦ୍ରଜାତି ॥୧୨୨

ନାନା ପ୍ରକାର ନାମ ବହି । ଅଭୀଷ୍ଟ ଦେବେ ଯାର ଦେହି ॥୧୨୩
ନିଗମ-କର୍ମ-କାଣ୍ଡ ଯେତେ । ଯାହାର କର୍ମ ଏ ଯୁଗତେ ॥୧୨୪
ଏମନ୍ତେ ଈଶ୍ୱରର ଦେହେ । ବସନ୍ତି ଅବୟବ ପ୍ରାୟେ ॥୧୨୫
ଏମନ୍ତେ ଏ ସ୍ଥୁଳ-ଶରୀରେ । ଧାରଣାଯୋଗେ ନିର୍ବିକାରେ ॥୧୨୬
ମନ ନିରୋଳ ଯୋଗବଳେ । ଗୋବିନ୍ଦ-ଚରଣ-କମଳେ ॥୧୨୭
ସର୍ବ ଶରୀରେ ଭଗବାନ । ତା ତହୁଁ କେବା ଅଛି ଆନ ॥୧୨୮
ସେ ସର୍ବ-ବୁଦ୍ଧି ଅନୁଭବ । ଜୀବ ପରମ ପଦ୍ମନାଭ ॥୧୨୯
ସତ୍ୟ-ପରମାନନ୍ଦ-ନିଧି । ତାର ଭଜନ ସର୍ବସିଦ୍ଧି ॥୧୩୦
ଜନ୍ମମରଣ ତାର ତହୁଁ । କେବା ଗୋଚରେ ତାହା କହୁଁ ॥୧୩୧
ଯେ ଅନ୍ୟସଙ୍ଗ ଦାରାସୁତ । ନ କରି ଯେଣୁ ଆତ୍ମପାତ ॥୧୩୨
ସ୍ୱପ୍ନରେ ଜୀବର ଯେମନ୍ତ । ଦେଖଇ ଇନ୍ଦ୍ରିୟ ବୃତ୍ତାନ୍ତ ॥୧୩୩
ସେ ସର୍ବମିଥ୍ୟା ଜୀବ ସତ୍ୟ । ଏ ଜ୍ଞାନେ ହୁଅଇ ମୁକତ ॥୧୩୪

ସୂତ ଉବାଚ

ଏମନ୍ତ କହି ଶୁକମୁନି । ହରଷେ ହରିଭାବ ଘେନି ॥୧୩୫
ଆନନ୍ଦେ ପରୀକ୍ଷିତ ମେଳେ । ଯାହା କହିଲେ ଗଙ୍ଗାକୂଳେ ॥୧୩୬

ଇତି ଶ୍ରୀମଦ୍‌ଭାଗବତେ ମହାପୁରାଣେ ପାରମହଂସ୍ୟାଂ ସଂହିତାୟାଂ
ଦ୍ୱିତୀୟସ୍କନ୍ଧେ ମହାପୁରୁଷସଂସ୍ଥାନ ଅନୁବର୍ଣ୍ଣନେ
ନାମ ପ୍ରଥମୋଽଧ୍ୟାୟଃ ।

ଦ୍ୱିତୟ ଅଧ୍ୟାୟ

ସୂତ ଉବାଚ

କହନ୍ତି ଶୁକ ମହାମୁନି । ଶୁଣ ରାଜନ-ଚୂଡ଼ାମଣି ।।୧

ଶୁକ ଉବାଚ

ଏ ଯେତେ କହିଲି ମୁଁ ତୋତେ । ଈଶ୍ୱର ଶରୀର ସମେତେ ।।୨
ଏ ସ୍ଥୁଳଦେହେ ମନ ଧରି । ସୁବୁଦ୍ଧିବଳେ ଯତ୍ନ କରି ।।୩
ସେ ହରି ଅନ୍ତରେ ବାହାରେ । ଆନ କେ ଅଛି ଏ ସଂସାରେ ।।୪
ସେ ସର୍ବବୁଦ୍ଧି ଅନୁଭୂତ । ସ୍ୱପ୍ନ-ଜାଗ୍ରତ ମଧ୍ୟେ ସ୍ଥିତ ।।୫
ସତ୍ୟ-ଆନନ୍ଦ-ଜଳନିଧି । ଭକ୍ତଜନଙ୍କ ସର୍ବସିଦ୍ଧି ।।୬
ଯାହାର ତହୁଁ ଏ ଜଗତ । ଆତ୍ମାର ତୁଲେ ଉଦେ ଅସ୍ତ ।।୭
ଏହି ପ୍ରକାରେ ପୂର୍ବକାଳେ । ସେ ଆତ୍ମଯୋନି ଏ ଶୟଳେ ।।୮
ଆତ୍ମ ସ୍ମରଣେ ବୁଦ୍ଧିବଳେ । ସର୍ଜିଲା ଏ ବିଶ୍ୱ-ମଣ୍ଡଳେ ।।୯
ପୂର୍ବେ ଯେମନ୍ତେ ଥିଲା ବିଧି । ତେହ୍ନେ ଧାରଣା ବଳେ ସାଧି ।।୧୦
ଆତ୍ମାକୁ ପାଳି ପୁଣ ହରେ । ବଣିଜ ଯେହ୍ନେ ବଣିଜାରେ ।।୧୧
ଶବଦ ବ୍ରହ୍ମର ଏ ପଥ । ଯେ ମାର୍ଗେ ଜୀବ ଆତଯାତ ।।୧୨
ପଡ଼ି ଭ୍ରମଇ ଅଧ ଉର୍ଦ୍ଧ୍ୱେ । କିଛି ନ ଲଭେ ଲାଭପଦେ ।।୧୩
ନାନା ଦେବତା ଦୀକ୍ଷା କରେ । ବିଅର୍ଥ-ସୁଖେ ମନ ଧରେ ।।୧୪
ବାସନା-ମାୟାମୟ-ଯାନେ । ନ ବୁଝି ନିରତେ ଭ୍ରମଣେ ।।୧୫
ତାହାଙ୍କ ମଧ୍ୟେ ଯେ ସୁବୁଦ୍ଧି । ଜାଣଇ ବେଗ-ସତ୍ୟ-ବୁଦ୍ଧି ।।୧୬
ବିଚାର କରେ ମାୟାଗ୍ରସ୍ତେ । ମୁହିଁ ଭ୍ରମଇ କିସ ଅର୍ଥେ ।।୧୭
ଶ୍ରମ ଲଭଇ ଆତଯାତେ । ଲାଭ ନ ମିଳେ ମୋର ହସ୍ତେ ।।୧୮
ଏଣୁ ଏ ପଥଶ୍ରମ ତେଜି । ଯେ ପ୍ରାଣୀ ଆତ୍ମାଲାଭ ଖୋଜି ।।୧୯
ପ୍ରୟାସ ଦୂରେ ପରିହରି । ଆତ୍ମାରେ ଆତ୍ମା ବୋଧ କରି ।।୨୦
ଅଳପ ଭୋଗେ ଆତ୍ମା ପୋଷେ । ବର୍ତ୍ତଇ ଅବା ଉପବାସେ ।।୨୧
ଥାଉଁ ଏ ବସୁନ୍ଧରୀ ଅଙ୍କ । ସୁବର୍ଣ୍ଣ ପଲଙ୍କେ କି ସୁଖ ।।୨୨
ସମର୍ଥ-ଭୁଜ ଥାଉଁ ବାମେ । କି ପ୍ରୟୋଜନ ଉପାଧାନେ ।।୨୩

ଅଞ୍ଜଳି ଅଛି ଯେବେ ହସ୍ତେ । କି ପ୍ରୟୋଜନ ଅନ୍ୟପାତ୍ରେ ।।୨୪
ଦିଗ-ବକଳ ଯାର ବାସ । ବସନେ ତାର କିବା ଆଶ ।।୨୫
ଲେଙ୍ଗଡ଼ା ବସ୍ତ୍ର ପଥେ ଦେଖି । ତାର ଗ୍ରହଣେ ହୋନ୍ତି ସୁଖୀ ।।୨୬
ଥାଉଁ ସମର୍ଥ ଦୁଇଭୁଜ । କୃତ୍ୟ କିଙ୍କରେ କିସ କାର୍ଯ୍ୟ ।।୨୭
ଆରୋହି ମନ ଯାର ପାଦ । ଗଜତୁରଙ୍ଗେ କିସ ସଧ ।।୨୮
ଫଳ ପୂରିଛି ବୃକ୍ଷେ ବନେ । କି ପ୍ରୟୋଜନ ଭିକ୍ଷାଅନ୍ନେ ।।୨୯
ନିର୍ଝର ନଦୀ କୂପ ସ୍ଥଳେ । କି ପ୍ରୟୋଜନ କମଣ୍ଡଳେ ।।୩୦
ପର୍ବତ ଗୁହା ତୃଣେ ବେଢ଼ି । ସେ ଥାଉଁ ଗୃହେ କିମ୍ପା ପଡ଼ି ।।୩୧
ଏମନ୍ତ ଭାବେ କୃଷ୍ଣପାଦେ । ଯେ ପ୍ରାଣୀ ରମନ୍ତି ଆନନ୍ଦେ ।।୩୨
ତାହାଙ୍କ ରକ୍ଷଣ ଉପାୟ । କରନ୍ତି ପ୍ରଭୁ ଦେରାୟ ।।୩୩
ସେ କିମ୍ପା ଧନଗର୍ବୀ ଲୋକେ । କ୍ଷଣେ ଭଜିବେ ଆତ୍ମସୁଖେ ।।୩୪
ଏହି ପ୍ରକାରେ ଆତ୍ମଚିତ୍ତେ । ସିଦ୍ଧି ଲଭନ୍ତି ଅନୁଭୂତେ ।।୩୫
ସେ ପ୍ରାଣୀ ହୋଏ କୃତକୃତ୍ୟ । ତାହାକୁ ପ୍ରସନ୍ନ ଅନନ୍ତ ।।୩୬
ଏଣୁ ନିୟତ ଆତ୍ମା ଯୋଗେ । ଭଜିବ କୃଷ୍ଣ-ପାଦଯୁଗେ ।।୩୭
ମୁଁ ତୋତେ କହିଲି ବିଶ୍ୱାସେ । ଏଣେ ସଂସାର-ହେତୁ ନାଶେ ।।୩୮
ଏ ଭାବ ଅନାଦର କରି । ସଂସାର-ଚିନ୍ତା ଚିତ୍ତେ ଧରି ।।୩୯
ପଶୁଙ୍କ ପ୍ରାୟ ତାଙ୍କ ଗତି । ଏ ମାୟା-ସଂସାରେ ଭ୍ରମନ୍ତି ।।୪୦
ଦେଖ ସଂସାରେ ପ୍ରାଣୀ ଯେତେ । ଯନ୍ତ୍ରିତ ଯମର ଆୟତ୍ତେ ।।୪୧
ବଇତରଣୀ ନାମେ ନଦୀ । ଯାତନା ମଧ୍ୟେ ସେ ପ୍ରସିଦ୍ଧି ।।୪୨
ତହିଁ ପଡ଼ନ୍ତି ଦେଖୁ ଦେଖୁ । ତାଙ୍କ ଜୀବନ କେବା ରଖୁ ।।୪୩
ଅର୍ଜିଲା କର୍ମଫଳ ସେବି । ଅଶେଷ ଦେହେ ତାହା ଭାବି ।।୪୪
ଏବେ ହୋ ଶୁଣ ନୃପମଣି । ଯେଣେ ସଂସାରୁ ତରେ ପ୍ରାଣୀ ।।୪୫
ଏ ଭାବେ ଏ ନର-ଶରୀରେ । ଧାରଣାଯୋଗ ନିର୍ବିକାରେ ।।୪୬
ସ୍ୱଦେହେ ହୃଦୟ ପ୍ରକାଶେ । ସେ ହରି ଘୋରତମ ନାଶେ ।।୪୭
ପ୍ରାଦେଶମାତ୍ର ରୂପ ଧରି । ବିଜୟେ ପ୍ରଭୁ ନରହରି ।।୪୮
ସୂକ୍ଷ୍ମ-ସ୍ୱରୂପ ରୂପ ତାର । ଶୁଣ ସୁମନେ କୁରୁବୀର ।।୪୯
ଶ୍ୟାମସୁନ୍ଦର ଭୁଜଚାରି । ଶଙ୍ଖ-କମଳ-ଗଦା-ଅରୀ ।।୫୦
ଧାରଣା ଯୋଗେ ଏହା ଚିନ୍ତି । ନିଶ୍ଚଳ-ନୟନେ ଦେଖନ୍ତି ।।୫୧

ପ୍ରସନ୍ନ ଶ୍ରୀମୁଖ-ମଣ୍ଡଳ । ଲୋଚନ ଅମଳ-କମଳ ।।୫୨
କଦମ୍ବ କିଞ୍ଜଲ୍କ ସୁରଙ୍ଗେ । ପୀତବସନ ଶୋହେ ଅଙ୍ଗେ ।।୫୩
ସୁବର୍ଣ୍ଣ କରୀଟ କୁଣ୍ଡଳ । ସୁନ୍ଦର ଅଳକା କପୋଳ ।।୫୪
ଅମୂଲ୍ୟ-ହାର ବକ୍ଷସ୍ଥଳେ । ରତ୍ନକେୟୂର ବାହୁମୂଳେ ।।୫୫
ହୃଦୟପଦ୍ମ ମଧ୍ୟେ ସ୍ମରି । ଯେ ପାଦଧ୍ୟାୟେ ବ୍ରହ୍ମଚାରୀ ।।୫୬
ସେ ପାଦ ଲକ୍ଷ୍ମୀରେ ଚିହ୍ନିତ । ଦିଶଇ ଅତ୍ୟନ୍ତ ଶୋଭିତ ।।୫୭
ଶ୍ରୀବତ୍ସ କଉସ୍ତୁଭମଣି । ସୁବର୍ଣ୍ଣସୂତ୍ରେ ସୁଖଞ୍ଜଣି ।।୫୮
ଆଜାନୁଲମ୍ବେ ବନମାଳେ । ସ୍କନ୍ଧୁବେଷ୍ଟିତ ବକ୍ଷସ୍ଥଳେ ।।୫୯
ରତ୍ନମେଖଳା କଟୀମାଝେ । ଅଙ୍ଗୁଷ୍ଟେ ମୁଦ୍ରିକା ବିରାଜେ ।।୬୦
ଅଙ୍ଗଦ ନୂପୁର କଙ୍କଣ । ବିବିଧ ଅଙ୍ଗ-ଆଭରଣ ।।୬୧
ଅମଳପୁଷ୍ପ ଶିରେ ଶୋହେ । ନୀଳକୁନ୍ତଳ ଜନ ମୋହେ ।।୬୨
ସୁନ୍ଦର ହୃଷିତ-ବଦନ । ଅଞ୍ଜନ ବିରାଜେ ନୟନ ।।୬୩
ଭ୍ରୂଭଙ୍ଗ ଅନୁଗ୍ରହ ମୁଖ । ଭ୍ରୂକୁଟୀ କୁଟୀଳ ସୁରେଖ ।।୬୪
ଅନେକ ଅନୁଗ୍ରହ ଯହିଁ । ସଞ୍ଚିତ ହୋଇଅଛି ରହି ।।୬୫
ଏମନ୍ତେ ଈଶ୍ୱରର ଦେହ । ଚିତ୍ତେ ଚିନ୍ତିବ ଚିନ୍ତାମୟ ।।୬୬
ଯାବତ ଧାରଣାର ବଳେ । ମନକୁ ରୁହାଇ ନିଶ୍ଚଳେ ।।୬୭
ତାବତ ଏକ ଏକ ଅଙ୍ଗେ । ନିତ୍ୟେ ଭାବିବ ବୁଦ୍ଧିଯୋଗେ ।।୬୮
ହାସବଦନୁ ପାଦଯାଏ । ଭାବିବ ବିଷ୍ଣୁ ସ୍ଥୂଳଦେହେ ।।୬୯
ସ୍ଥାନକୁ ସ୍ଥାନ ଧାନ କରି । ଛାଡ଼ିବ ଅପର ଆବୋରି ।।୭୦
ଯାବତ ବୁଦ୍ଧି ଏ ଶରୀରେ । ପରମେ ଭକ୍ତି ନ ବିଚାରେ ।।୭୧
ଯାବତ ବିଷ୍ଣୁ ନିଜ ଦେହେ । ନ ଦେଖି ତତ୍ତ୍ୱର ଉଦୟେ ।।୭୨
ତାବତ ସ୍ଥୂଳ ରୂପ ଚିନ୍ତି । ଚିତ୍ତେ ସ୍ମରିବ ନିତିନିତି ।।୭୩
ସୁଖେ ବସିବ ସ୍ଥିରାସନେ । ସ୍ଥୂଳ-ଶରୀର ଯୋଗଧ୍ୟାନେ ।।୭୪
ଏମନ୍ତ କରିବ ଧାରଣ । ଯାବତ ନ ଲଭେ ମରଣ ।।୭୫
ଏମନ୍ତ ଯୋଗୀ ଏ ଦେହକୁ । ଯେବେ ଇଚ୍ଛିବ ଛାଡ଼ିବାକୁ ।।୭୬
ପବିତ୍ର-ପୁଣ୍ୟ-ତୀର୍ଥ-କାଳ । ମନରେ ନ କରି ବିଚାର ।।୭୭
ଯୋଗସାଧନେ ପଞ୍ଚପ୍ରାଣ । ସାଧିବ ସମାଧି ଧାରଣ ।।୭୮
ଆସନ ପ୍ରତ୍ୟାହାର ବଳେ । ମନକୁ ସ୍ଥାପିବ ନିଶ୍ଚଳେ ।।୭୯

ମନ ସମେତେ ଇନ୍ଦ୍ରିଗଣ । ନିର୍ମଳ ବୁଦ୍ଧିରେ ସଂଯମ ।।୮୦
ସେ ବୁଦ୍ଧି କ୍ଷେତ୍ରଜ୍ଞେ ପ୍ରମାଣି । ଆତ୍ମାରେ କ୍ଷେତ୍ରଜ୍ଞଙ୍କୁ ଜାଣି ।।୮୧
ଆତ୍ମାରେ ଆତ୍ମାକୁ ନିରୋଧି । ଏମନ୍ତେ ଯେ ଜନ ସୁବୁଦ୍ଧି ।।୮୨
ଆତ୍ମାର ଲାଭ ଲଭେ ହେଳେ । କର୍ମଛାଡ଼ିବ ତେତେବେଳେ ।।୮୩
ଏ ଭାବେ ଜୀବର ନିସ୍ତାର । କାଳର ନାହିଁ ଅଧିକାର ।।୮୪
ଦେବେ ନ ପାରେ ତାରେ ହିଂସି । ତ୍ରିଗୁଣେ ନ ପାରନ୍ତି ପଶି ।।୮୫
ଇନ୍ଦ୍ରିୟଗଣେ ଅଗୋଚର । ଯହିଁ ମହତତତ୍ତ୍ୱ ଦୂର ।।୮୬
ଦେବେ ନ ପାନ୍ତି ଯାହା ଚିନ୍ତି । ନ ଜାଣୁ ନ ଜାଣୁ ବୋଲନ୍ତି ।।୮୭
ଦୁରାତ୍ମାଭାବ ପରିହରି । ସୁହୃଦଭାବ ଚିତ୍ତେ ଧରି ।।୮୮
ଯେ ଅଟେ ବୈଷ୍ଣବର ଧାମ । ପରମପଦ ଯାର ନାମ ।।୮୯
ସେ ପଦ ହୃଦରେ ଧରନ୍ତି । ସର୍ବତ୍ର ଶ୍ରେଷ୍ଠ ମନେ ଚିନ୍ତି ।।୯୦
ଏ ରୂପେ ସାଧି ମୁନିଜନ । ପରମପଦେ କରେ ସ୍ଥାନ ।।୯୧
ଯେବେ ନ ପାରେ ଏ ସାଧନେ । ତେବେ ବିଜ୍ଞାନ-ଶାସ୍ତ୍ରଜ୍ଞାନେ ।।୯୨
ନାଶଇ ବିଷୟ-ବାସନା । ନାହିଁ ତା ମାୟାର ରଚନା ।।୯୩
ଯେବେ ତା ଦେହତ୍ୟାଗେ ମନ । ତେବେ ସାଧିବ ଦୃଢ଼ାସନ ।।୯୪
ବାମଚରଣ ପଚ୍ଛଭର । ତେଣେ ନିରୋଧି ମୂଳାଧାର ।।୯୫
ମୂଳପବନ ଉର୍ଦ୍ଧ୍ୱେ ତୋଳି । ନାଭିପବନ ସଙ୍ଗେ ମିଳି ।।୯୬
ବେନିପବନ ପୁଣି ବଳେ । ସ୍ଥାପିବ ହୃଦୟ-କମଳେ ।।୯୭
ତହୁଁ ତୋଳିବ ତିନିପ୍ରାଣ । କଣ୍ଠେ ଯେ ବସଇ ଉଦାନ ।।୯୮
ବ୍ୟାନ-ପବନ ତାର ତୁଲେ । ଧରି ସ୍ଥାପିବ ତାଳୁମୂଳେ ।।୯୯
ତହୁଁ କୁମ୍ଭକ ସାଧକରି । ପ୍ରାଣକୁ ଭ୍ରୂମଣ୍ଡଳେ ଭରି ।।୧୦୦
ନିରୋଧ କରି ସପ୍ତଦ୍ୱାର । ସ୍ମରଣ କରିବ ଓଁକାର ।।୧୦୧
ଯେବେ ଭୋଗରେ ମନ ନାହିଁ । ମୁହୂର୍ତ୍ତଅର୍ଦ୍ଧ ତହିଁ ରହି ।।୧୦୨
ନିୟତ ଥାଇ ଯୋଗବନ୍ଧେ । ତେବେ ସ୍ଥାପିବ ବ୍ରହ୍ମରନ୍ଧ୍ରେ ।।୧୦୩
ନିଶ୍ଚଳ-ଯୋଗ ଦୃଢ଼େ ସାଧି । ତକ୍ଷଣେ ବ୍ରହ୍ମରନ୍ଧ୍ର ଭେଦି ।।୧୦୪
ପରମପଦେ ତାର ଗତି । ଦେହଇନ୍ଦ୍ରିୟ ପାଶୋରନ୍ତି ।।୧୦୫
ହେ ନୃପ ଯେବେ ବ୍ରହ୍ମପଦ । ବୋଲିବ ପ୍ରୟାସ-ଆସ୍ପଦ ।।୧୦୬
ଯେ ସିଦ୍ଧିଦେବଙ୍କର ସ୍ଥାନ । ଯେ ଅଷ୍ଟନିଧିରେ ସମ୍ପନ୍ନ ।।୧୦୭

ବ୍ରହ୍ମର ବ୍ରହ୍ମଲୋକେ ସ୍ଥିତି । ସେ ସ୍ଥାନ ଭୋଗ ମନେ ଚିନ୍ତି ॥୧୦୮
ଗୁଣ ସମୂହେ ଗୁଣସିଦ୍ଧି । ଯେବା ବାଞ୍ଛଇ ସର୍ବସିଦ୍ଧି ॥୧୦୯
ମନ ଇନ୍ଦ୍ରିୟଗଣ ମେଳେ । ତକ୍ଷଣେ ସେ ଲୋକରେ ମିଳେ ॥୧୧୦
ଯୋଗେଶ୍ୱରଙ୍କ ଏହୁ ଗତି । ପରମପୁରୁଷେ ବୋଲନ୍ତି ॥୧୧୧
ଏମନ୍ତ ତିନିଲୋକ ଜିଣି । ଶୁଣ କହିବା ପରିମାଣି ॥୧୧୨
ଯେ କର୍ମସାଧେ କର୍ମକାଣ୍ଡେ । ସେ କାହିଁ ଯିବ ଉର୍ଦ୍ଧ୍ୱଦାଣ୍ଡେ ॥୧୧୩
କେବା ଲଭିବ କର୍ମଭାବେ । ସମାଧି-ବିଦ୍ୟା-ତପ-ଯୋଗେ ॥୧୧୪
ଯେ ବ୍ରହ୍ମଲୋକ ମନେ କରେ । ପ୍ରଥମେ ଅଗ୍ନି ଆଶ୍ରେ କରେ ॥୧୧୫
ସୁଷୁମ୍ନାରନ୍ଧ୍ରେ ବ୍ରହ୍ମପଥେ । ଜ୍ୟୋତି ପ୍ରକାଶେ ଉର୍ଦ୍ଧ୍ୱଗତେ ॥୧୧୬
ବିଧୂତ-କଲ୍ମଷ-ଶରୀର । ସେ ଚକ୍ରେ ସ୍ଥିତ ଶିଶୁମାର ॥୧୧୭
ସେ ଶିଶୁମାର ଚକ୍ରସାର । ସେ ଚକ୍ର ତଳେ ଧ୍ରୁବପୁର ॥୧୧୮
ବିଶ୍ୱର ନାଭି ସେ ବୋଲାଇ । ଆତ୍ମା ସ୍ୱରୂପେ ତହୁଁ ଯାଇ ॥୧୧୯
ପ୍ରବେଶ ପରମ-ସ୍ୱରୂପେ । ବ୍ରହ୍ମନିର୍ବାଣ ମହର୍ଲୋକେ ॥୧୨୦
କଳ୍ପଆୟୁଷ ଦେବଗଣେ । ଯହିଁ ରମନ୍ତି ଅନୁକ୍ଷଣେ ॥୧୨୧
ସେ ପୁଣି କଳ୍ପକ୍ଷୟକାଳେ । ଅନନ୍ତ-ନିଃଶ୍ୱାସ-ଅନଳେ ॥୧୨୨
ଦହନ ଦେଖି ଅନ୍ତରୀକ୍ଷେ । ଅନନ୍ତଶୟନେ ପ୍ରତ୍ୟକ୍ଷେ ॥୧୨୩
ସିଦ୍ଧେଶ୍ୱରଙ୍କ ସ୍ଥାନେ ପଶେ । ବେଦ ଯା ବ୍ରହ୍ମଲୋକେ ଘୋଷେ ॥୧୨୪
ବେନିପରାର୍ଦ୍ଧ ଯହିଁ ଗଣି । ସେ ବ୍ରହ୍ମଲୋକ ପରିମାଣି ॥୧୨୫
ସଂସାରକର୍ତ୍ତା ଯେ ବୋଲାନ୍ତି । ସେ ବ୍ରହ୍ମା ବ୍ରହ୍ମଲୋକେ ସ୍ଥିତି ॥୧୨୬
ସେ ପୁରେ ନାହିଁ ଦୁଃଖଶୋକ । ଜରା-ମରଣ-ଉଦବେଗ ॥୧୨୭
ଚିତ୍ତଅନର୍ଥହେତୁ ନାହିଁ । ଜନ୍ମମରଣ ଭୟ କାହିଁ ॥୧୨୮
କେତେ ହେଁ କାଳେ ସେ ଭୁବନେ । ଥାଇ ଚିନ୍ତଇ ଅବଧାନେ ॥୧୨୯
ଲିଙ୍ଗ-ଶରୀରେ ପୃଥିବୀରେ । ନିର୍ଭୟେ ସେ ସ୍ଥଳେ ବିହରେ ॥୧୩୦
ପୃଥିବୀ ରୂପେ ଜଳେ ଯାଇ । ଯେ ଇଷ୍ଟଭୋଗ ତା ଭୁଞ୍ଜଇ ॥୧୩୧
ଅନଳ ମଧ୍ୟେ ତହୁଁ ସ୍ଥିତି । ଜ୍ୟୋତିସ୍ୱରୂପ ପ୍ରାଣ ଚିନ୍ତି ॥୧୩୨
ପବନେ କରଇ ସଞ୍ଚାର । ଧରଇ ପବନ ଶରୀର ॥୧୩୩
ସେ ବାୟୁ କାଳେ ନଭେ ପୁରେ । ସେ ନଭେ ଲିଙ୍ଗରୂପ ଧରେ ॥୧୩୪
ଗନ୍ଧ କଳ୍ପଇ ଘ୍ରାଣମାତ୍ରେ । ରସକୁ ରସନାସମେତେ ॥୧୩୫

ଦୃଷ୍ଟିରେ ରୂପକୁ ସଂହରେ । ପବନ ବଶେ ଚର୍ମପରେ ॥୧୩୬
ଆକାଶଗୁଣ କର୍ଣ୍ଣେ ଭରି । ଏ ରୂପେ ପ୍ରାଣ ସୂକ୍ଷ୍ମେ ଭରି ॥୧୩୭
ବୁଦ୍ଧି-ଇନ୍ଦ୍ରିୟ-ଭାବ ଏଣେ । ପଞ୍ଚତନ୍ମାତ୍ରେ ପରିମାଣେ ॥୧୩୮
ଏ ଅହଙ୍କାର ତିନିଗୁଣ । ବୁଦ୍ଧି-ଇନ୍ଦ୍ରିୟ-ଦିବ୍ୟଜ୍ଞାନ ॥୧୩୯
ପଞ୍ଚବିକାର ପଞ୍ଚଦେବା । ମନ ସମେତେ କରି ସେବା ॥୧୪୦
ଏ ପଞ୍ଚଦେବତା ସମେତେ । ସୂକ୍ଷ୍ମ ସ୍ୱରୂପେ ମହତ୍ତ୍ୱେ ॥୧୪୧
ତେ ତତ୍ତ୍ୱଗୁଣର ସଂସ୍ଥାନ । ପ୍ରଧାନ ଦେହେ ହୋଏ ଲୀନ ॥୧୪୨
ସେ ନିତ୍ୟ-ଶାନ୍ତି-ସନାତନେ । ଆତ୍ମା-ନିରୋଧେ ଆତ୍ମଜ୍ଞାନେ ॥୧୪୩
ପ୍ରବେଶ କରେ ବିଦ୍ୟମାନେ । ବିଜ୍ଞାନ-ଆନନ୍ଦ-ଚେତନେ ॥୧୪୪
ଆନନ୍ଦଜ୍ଞାନ ରସଭୋଳେ । ଶାନ୍ତି ଲଭଇ ସୁନିଶ୍ଚଳେ ॥୧୪୫
ଏମନ୍ତେ ଧାରଣାନୁଭାବେ । ନିଶ୍ଚେ ପଶଇ ବାସୁଦେବେ ॥୧୪୬
ଅନ୍ତେ ଲଭଇ ଯେଉଁ ଗତି । ତାହାକୁ ବୋଲି ଭାଗବତୀ ॥୧୪୭
ଯହିଁ ପଶିଲେ ଆତ୍ମାମନ । ନ ଲଭେ ପୁନରାଗମନ ॥୧୪୮
ଶୁଣ ହେ ନୃପ ପରୀକ୍ଷିତ । ଯେଣୁ ପୁଚ୍ଛିଲୁ ଭାଗବତ ॥୧୪୯
ତେଣୁ କହିଲି ଶ୍ରୁତିଯୋଗେ । ତୋର ସମୀପେ ଅନୁରାଗେ ॥୧୫୦
ଦଇବେ କାଳ ଅବସାନ । ଏବେ କହିବା ଦିବ୍ୟଜ୍ଞାନ ॥୧୫୧
ବ୍ରହ୍ମାର ତପେ ହୋଇ ତୋଷ । ବିଷ୍ଣୁ ଯେ ଦେଲେ ଉପଦେଶ ॥୧୫୨
ଯେ ସଦ୍ୟୋମୁକ୍ତି କ୍ରମମୁକ୍ତି । ସ୍ୱଭାବସିଦ୍ଧ ବେନିଗତି ॥୧୫୩
ସେ ପଥ କହିବି ମୁଁ ତୋତେ । ଏବେ ତୁ ଶୁଣ ଏକଚିତ୍ତେ ॥୧୫୪
ସଂସାରେ ସଞ୍ଚରନ୍ତି ଯେତେ । ତାଙ୍କ ତାରଣେ ପଥ ଯେତେ ॥୧୫୫
ଏହିଟି ଜାଣ ଶିବପଥ । ତା ତହୁଁ ଭକ୍ତିଯୋଗ ଜାତ ॥୧୫୬
ଯେ କଥା ଶୁଣି ପ୍ରିୟଭାବେ । ଭକତି ଲଭେ ବାସୁଦେବେ ॥୧୫୭
ବ୍ରହ୍ମାର ତପକଷ୍ଟେ ହରି । ଯାହା କହିଲେ ଦୟାକରି ॥୧୫୮
ସେ ବ୍ରହ୍ମା ବ୍ରହ୍ମବେଦସାର । ସକଳ ବୁଝି ତିନିବାର ॥୧୫୯
ଯେ ଭକ୍ତି ଜୀବ-ସୁଖପଥ । ଏ ଭାବେ ହେଲା ଆତ୍ମେ ରତ ॥୧୬୦
ସେ ହରି ସର୍ବଭୂତ ମଧ୍ୟେ । ନିତ୍ୟେ ବିହରେ ଆତ୍ମପଦେ ॥୧୬୧
ବୁଦ୍ଧି ଲକ୍ଷଣେ ଅନୁମାନେ । ନିଶ୍ଚଳଯୋଗୀ ଯୋଗଧ୍ୟାନେ ॥୧୬୨
କେ ଅବା କରିବ ଗୋଚର । ଜଗତ ବାହ୍ୟ-ଅଭ୍ୟନ୍ତର ॥୧୬୩

ଏ ଘେନି ସର୍ବ ଆତ୍ମାଭାବେ । ସର୍ବଦା କାଳେ ସର୍ବଠାବେ ॥୧୬୪
ହରିଙ୍କି ଶ୍ରୁତିପଥେ ଶୁଣ । ମୁଖେ ନିରତେ ନାମ ଭଣ ॥୧୬୫
ସେ ହରିକଥାମୃତରସ । ଯେ କରେ ଶ୍ରୁତିପଥେ ଗ୍ରାସ ॥୧୬୬
ବିଷୟ-ବିଦୂଷିତ-ଚିତ୍ତ । ପବିତ୍ର କରେ ଅନ୍ତର୍ଗତ ॥୧୬୭
ଗୋବିନ୍ଦ-ଚରଣ-କମଳେ । ପଶଇ ଭକ୍ତିଯୋଗବଳେ ॥୧୬୮
ଏ ଭାଗବତ ରସ ଯେତେ । ସୁଜନେ ପିବ ଶ୍ରୁତିପଥେ ॥୧୬୯
ବିଷୟାରସରେ ନ ରସ । କହଇ ଜଗନ୍ନାଥ ଦାସ ॥୧୭୦

ଇତି ଶ୍ରୀମଦ୍‌ଭାଗବତେ ମହାପୁରାଣେ ପାରମହଂସ୍ୟାଂ ସଂହିତାୟାଂ
ଦ୍ୱିତୀୟସ୍କନ୍ଧେ ପୁରୁଷସଂସ୍ଥାବର୍ଣ୍ଣନଂ ନାମ
ଦ୍ୱିତୀୟୋଽଧ୍ୟାୟଃ ।

ତୃତୀୟ ଅଧ୍ୟାୟ

ସୂତ ଉବାଚ

ଶୁକ କହନ୍ତି ଶୁଦ୍ଧଚିତ୍ତେ । ପ୍ରସନ୍ନେ ନୃପତି ଅଗ୍ରତେ ॥ ୧

ଶୁକ ଉବାଚ

ଶୁଣ ପରୀକ୍ଷ ପୁଣ୍ୟଦେହା । ତୁ ମୋତେ ପଚାରିଲୁ ଯାହା ॥ ୨
ମନୁଷ୍ୟ ମଧ୍ୟେ ସାଧୁପ୍ରାଣୀ । ମରଣକାଳେ ଯାହା ଜାଣି ॥୩
ଏବେ କହିବି ଜ୍ଞାନସାର । ଭକତଜନଙ୍କ ବେଭାର ॥ ୪
ବ୍ରହ୍ମତେଜକୁ ଯାର ଇଚ୍ଛା । ବ୍ରହ୍ମଭଜନେ ହୋଇ ବାଞ୍ଛା ॥ ୫
ଇନ୍ଦ୍ରିୟସୁଖେ ଯାର ଭାବ । ସେ ନର ଇନ୍ଦ୍ରଙ୍କୁ ପୂଜିବ ॥ ୬
ପୁତ୍ରକାମରେ ଯାର ମତି । ସେ ଜନ ପୂଜେ ପ୍ରଜାପତି ॥ ୭

ଶ୍ରୀକାମୀ ପ୍ରାଣୀ ଦେବୀଭଜେ । ତେଜସ୍ୱୀ ପୂଜେ ଗ୍ରହରାଜେ ॥ ୮
ବସୁଙ୍କୁ ପୂଜେ ବସୁକାମୀ । ଦୃଢ଼ଭକତିଭାବ ଘେନି ॥ ୯
ବୀର୍ଯ୍ୟରେ ହୋଏ ଯାର ମତି । ସେ ଭଜେ ପଶୁଙ୍କରପତି ॥ ୧୦
ଅନ୍ନାଦିକାମେ ଯାର ଚିନ୍ତା । ସେବେ ଅଦିତି ଦେବମାତା ॥ ୧୧
ଦେବଙ୍କୁ ପୂଜେ ସ୍ୱର୍ଗକାମୀ । ବିଶ୍ୱଦେବାଙ୍କୁ ରାଜ୍ୟସ୍ୱାମୀ ॥ ୧୨
ସାଧ୍ୟଙ୍କୁ ପୂଜି ପ୍ରଜାହିତେ । ଆୟୁଷକାମେ ଅଶ୍ୱିସୁତେ ॥ ୧୩
ଯେ ପ୍ରାଣୀ ତୁଷ୍ଟ-ପୁଷ୍ଟିକାମୀ । ସର୍ବଲକ୍ଷଣେ ପୂଜେ ଭୂମି ॥ ୧୪
ପ୍ରତିଷ୍ଠାକାମେ ଯେବେ ଇଚ୍ଛେ । ସେ ପୂଜେ ଭୂମି-ଅନ୍ତରୀକ୍ଷେ ॥ ୧୫
ସୁନ୍ଦରରୂପେ ଯାର ଭାବ । ସେ ନର ପୂଜନ୍ତି ଗନ୍ଧର୍ବ ॥ ୧୬
ଯେ ନର ଇଚ୍ଛେ ଦିବ୍ୟନାରୀ । ଭାବେ ଉର୍ବଶୀ ପୂଜାକରି ॥ ୧୭
ସକଳ-ଆଧିପତ୍ୟ-ଚିନ୍ତା । ଯେ କରେ ସେ ପୂଜେ ବିଧାତା ॥ ୧୮
ଯଶ ଇଚ୍ଛଇ ଯେହୁ ନର । ଯଜ୍ଞେ ପୂଜିବ ଯଜ୍ଞେଶ୍ୱର ॥ ୧୯
ଧନଭଣ୍ଡାର ଯେ ଇଚ୍ଛନ୍ତି । ବରୁଣ-ଚରଣେ ପୂଜନ୍ତି ॥ ୨୦
ଇଶ୍ୱରପୂଜେ ବିଦ୍ୟାଅର୍ଥୀ । ଦମ୍ପତିକାମେ ଉମାସତୀ ॥ ୨୧
ଧର୍ମାର୍ଥୀ ବିଷ୍ଣୁର ଚରଣେ । ସନ୍ତାନଅର୍ଥେ ପିତୃଗଣେ ॥ ୨୨
ଯକ୍ଷକୁ ପୂଜେ ରକ୍ଷାକାମେ । ବଳାର୍ଥୀ ପୂଜେ ପ୍ରଭଞ୍ଜନେ ॥ ୨୩
ସକଳରାଜ୍ୟେ ରାଜାପଣେ । ସେ ଆଶେ ପୂଜେ ମନୁଗଣେ ॥ ୨୪
ଶତ୍ରୁମାରଣେ ଯାର ଇଚ୍ଛା । ରାକ୍ଷସ-ଭଜନେ ତା ବାଞ୍ଛା ॥ ୨୫
ସୋମକୁ ପୂଜେ କାମକାମୀ । ଅକାମୀ ଆତ୍ମାରାମେ ରମି ॥ ୨୬
ଅକାମେ ଅବା ସର୍ବକାମେ । ଯେ ଅବା ଭଜେ ମୋକ୍ଷକାମେ ॥ ୨୭
ପରମପୁରୁଷ ଚରଣେ । ଯେବା ସେବନ୍ତି ଦାସପଣେ ॥ ୨୮
ଏ ଭାବେ ତାହାଙ୍କ ଜୀବନ । ଜନ୍ମମରଣେ ଧନ୍ୟ ଧନ୍ୟ ॥ ୨୯
ପରମପଦ ସେ ଲଭନ୍ତି । କୃଷ୍ଣଚରଣେ ନିତ୍ୟେ ଚିନ୍ତି ॥୩୦
ହରିଭକତଜନ ସଙ୍ଗେ । ତରଇ ଏ ଭବତରଙ୍ଗେ ॥୩୧
ଜ୍ଞାନ ପ୍ରସରେ ଭକ୍ତିବଳେ । ତ୍ରିଗୁଣ ହରଇ ନିଶ୍ଚଳେ ॥୩୨
ଆତ୍ମା ପ୍ରସନ୍ନ ସୁବିବେକେ । ଗୁଣେ ଅସଙ୍ଗ ବେନିଲୋକେ ॥୩୩
କୈବଲ୍ୟ-ସମ୍ମତ ଏ ପଥ । ଏ ଭକ୍ତି ଯୋଗୀଙ୍କର ମତ ॥୩୪
କେବା ନିବୃତ ହରିଭାବେ । ଆତ୍ମାର କଇବଲ୍ୟ-ଲାଭେ ॥୩୫

ଶୌନକ ସୂତମୁଖ ଚାହିଁ । ପୁଣି ପୁଚ୍ଛଇ ଭାବବହି ।।୩୬

ଶୌନକ ଉବାଚ

ଏମନ୍ତ ଶୁକ ମୁଖୁ ଶୁଣି । ସେ କୁରୁବୀର ଚୂଡ଼ାମଣି ।।୩୭
ପୁଣି ସେ ଅଭିମନ୍ୟୁ ବଳା । ଆନ-ପ୍ରଶନ କିବା କଲା ।।୩୮
ସେ ହରିକଥା ଆମ୍ଭଆଗେ । ହେ ସୂତ କହ ସଭାଯୋଗେ ।।୩୯
ସେ କଥା ତୁମ୍ଭ ମୁଖୁ ଶୁଣି । ତରିବୁ ଭବ-ତରଙ୍ଗିଣୀ ।।୪୦
ତୁମ୍ଭର ଅଛି ଯେବେ ସ୍ନେହ । ସଦୟଚିତ୍ତେ ମୁନି କହ ।।୪୧
ଯେ ହରିକଥା ସଭାମଧ୍ୟେ । ଭକତେ କହନ୍ତି ଆନନ୍ଦେ ।।୪୨
ସେ ପଣ୍ଡୁବଂଶେ ମହାରଥ । ସ୍ୱଭାବେ କୃଷ୍ଣଅଂଶେ ଜାତ ।।୪୩
ବାଳକ-କ୍ରୀଡ଼ା-ରସଖେଳେ । ଯେ ପୂଜେ କୃଷ୍ଣ-ପାଦମୂଳେ ।।୪୪
ବ୍ୟାସକୁମର ସତ୍ତ୍ୱଗୁଣ । ସ୍ୱଭାବେ ବିଷ୍ଣୁ-ପାରାୟଣ ।।୪୫
ପରମାନନ୍ଦ ଗୁଣଗାଥା । ସତସଙ୍ଗମେ ଯେ ବକତା ।।୪୬
ଜୀବନ ବହି ଏ ଜଗତେ । ହରିକଥାରେ ନିତ୍ୟେ ନିତ୍ୟେ ।।୪୭
ନ କରେ ଜୀବନ ସଫଳ । ବ୍ୟର୍ଥ ତାହାର ଆୟୁର୍ବଳ ।।୪୮
ଏ ରବି ଉଦେ ଅସ୍ତକାଳେ । ଜନ୍ତୁଜୀବନ ଘେନି ଚଳେ ।।୪୯
ଯେ ହରିଭାବେ ଥାନ୍ତି ଜଡ଼ି । ତାଙ୍କ ଜୀବନ ଦୂରେ ଏଡ଼ି ।।୫୦
ଏ ତରୁଗଣେ ଏ ସଂସାରେ । ଜୀବନ୍ତି ଅଜ୍ଞାନ ପ୍ରକାରେ ।।୫୧
ଲୌହକାରଙ୍କ ଗୃହେ ଭାତି । ଶ୍ୱାସ ଛାଡ଼ନ୍ତେ ନ ଜୀବତି ।।୫୨
ଗ୍ରାମ-କାନନେ ପଶୁଗଣ । କି ନ ଭକ୍ଷନ୍ତି ଜଳତୃଣ ।।୫୩
ମୂତ୍ରପୁରୀଷ ଉତ୍ସର୍ଗନ୍ତି । ଅଜ୍ଞାନସୁଖେ ସେ ଜୀବନ୍ତି ।।୫୪
ଶ୍ୱାନ ଶୂକର ଉଷ୍ଟ୍ରଖର । ଏହାଙ୍କ ସମାନ ସେ ନର ।।୫୫
କୃଷ୍ଣର ନାମ ଉଚ୍ଚାରଣ । ନ ଶୁଣେ ଯାହାର ଶ୍ରବଣ ।।୫୬
ତାହାର ଶ୍ରୁତିଯୁଗ କାନ୍ଥେ । ବିବରେ ଦିଶନ୍ତି ଯେମନ୍ତେ ।।୫୭
ତୁଣ୍ଡର ମଧ୍ୟେ ଜିହ୍ୱା ବହି । ଯେ ହରିନାମ ନ ଭଜଇ ।।୫୮
ଦର୍ଦ୍ଦୁର ବାଣୀ ବୋଲି ତାରେ । ଯେ ହରିନାମ ନ ଉଚ୍ଚାରେ ।।୫୯
ଯାର ଉତ୍ତମ-ଅଙ୍ଗସାଜେ । ସୁବର୍ଣ୍ଣ-ମୁକୁଟ ବିରାଜେ ।।୬୦

ପାଟବସନେ ବାନ୍ଧି ଚୂଳ । ଶ୍ରବଣେ ମକର-କୁଣ୍ଡଳ ।।୬୧
ସେ ଯେବେ ହରିଙ୍କି ନ ନମେ । ସେ ମୁଣ୍ଡ ଭାରବହି ଶ୍ରମେ ।।୬୨
ସେ ବା ସୁନ୍ଦର ବେନିଭୁଜେ । କାଞ୍ଚନ କଙ୍କଣ ବିରାଜେ ।।୬୩
କୃଷ୍ଣର କାର୍ଯ୍ୟ ଯେବେ ନୋହେ । ଶ୍ମଶାନ-ଅସ୍ଥି ପ୍ରାୟ ହୋଏ ।।୬୪
ଲୋଚନବେନି ଥାଉଁ ମୁଖେ । ଯେ ହରିମୂରତି ନ ଦେଖେ ।।୬୫
ମୟୂରପୁଚ୍ଛ ବୋଲି ତାରେ । ସେ ଅନ୍ଧ ସଂସାର-ସାଗରେ ।।୬୬
ଚରଣଯୁଗ ବହି ନରେ । ଯେବେ ନ ଯାନ୍ତି ବିଷ୍ଣୁପୁରେ ।।୬୭
ତାହାକୁ ବୋଲି ବୃକ୍ଷଦୁଇ । ସେ ଯେହ୍ନେ ପାଦେ ନ ଚଳଇ ।।୬୮
କୃଷ୍ଣର ଭକତଚରଣୁ । ଶିରେ ନ ଲାଗେ ଯାର ରେଣୁ ।।୬୯
ପବିତ୍ର ନୋହେ ତା ଶରୀର । ଜୀଅଁନ୍ତା ଶବର ଆକାର ।।୭୦
ତୁଳସୀଦଳ କୃଷ୍ଣଦେହେ । ଶୁଦ୍ଧ-ସୌରଭ-ଗନ୍ଧ ବହେ ।।୭୧
ସେ ଗନ୍ଧ ଯାର ନାସାଦ୍ୱାର । ନ ଲଭେ ଶବ ତା ଶରୀର ।।୭୨
ଗୋବିନ୍ଦନାମ ଯାରହୃଦେ । ନ ପଶେ ପୁଲକ ଆନନ୍ଦେ ।।୭୩
କି ଅବା ପଶିଲେ ହୃଦରେ । ନୟନୁ ଅଶ୍ରୁ ତା ନ ଝରେ ।।୭୪
ତାର ହୃଦୟ ଅଶ୍ମସାର । ବହଇ ଲୋହମୟ ଭାର ।।୭୫
ହେ ସୂତ ଶୁଣ କୃଷ୍ଣଗୁଣ । ଶୁଣାଅ ଆମ୍ଭର ଶ୍ରବଣ ।।୭୬
ଯେ ସାଧୁପ୍ରଶ୍ନ ପରୀକ୍ଷିତ । ପୁଚ୍ଛିଲା ଶୁକଙ୍କ ଅଗ୍ରତ ।।୭୭
ହରଷେ ବ୍ୟାସଙ୍କ କୁମର । ଆତ୍ମଜ୍ଞାନୀଙ୍କ ମଧ୍ୟେ ସାର ।।୭୮
ଆନନ୍ଦେ ମୁନିଗଣମେଳେ । ଯାହା କହିଲେ ଗଙ୍ଗାକୂଳେ ।।୭୯
ସେ ଆମ୍ଭମନ ଅନୁକୂଳ । କହି ସଂସାରୁ କର ପାର ।।୮୦
ସେ ହରି-ଚରଣ-ପଙ୍କଜେ । ବ୍ରାହ୍ମଣ-ଜଗନ୍ନାଥ ଭଜେ ।।୮୧

ଇତି ଶ୍ରୀମଦ୍‌ଭାଗବତେ ମହାପୁରାଣେ ପାରମହଂସ୍ୟାଂ ସଂହିତାୟାଂ
ଦ୍ୱିତୀୟସ୍କନ୍ଧେ ତୃତୀୟୋଽଧ୍ୟାୟଃ ।

ଚତୁର୍ଥ ଅଧ୍ୟାୟ

ସୂତକ ଉବାଚ

ଏମନ୍ତ ଶୁକବାକ୍ୟ ଶୁଣି । ଆତ୍ମାର ତତ୍ତ୍ୱ ମନେ ଗୁଣି ।। ୧
କୃଷ୍ଣବିଷୟେ ଦୃଢ଼ମନ । କହିଲା ଉତ୍ତରା-ନନ୍ଦନ ।। ୨
ଆତ୍ମା-କଳତ୍ର-ସୁତ-ଗୃହେ । ପଶୁ-ଦ୍ରବିଣ-ବନ୍ଧୁସ୍ନେହେ ।। ୩
ରାଜ୍ୟ-ସମ୍ପଦ ଯେତେ ଆଶ । ହୃଦୁ ଛାଡ଼ିଲା ସ୍ନେହପାଶ ।। ୪
ତୁମ୍ଭେ ଯା ପଚାରିଲ ମୋତେ । ଏ କଥା ରାଜା ଦୃଢ଼ଚିତ୍ତେ ।। ୫
କୃଷ୍ଣାନୁଭାବ ଶୁଣିବାରେ । ଶ୍ରଦ୍ଧାବଳିଲା ନିର୍ବିକାରେ ।। ୬
ଆତ୍ମନିଧନ ମନେ ସ୍ମରି । ବେଦବଚନ ଦୃଢ଼କରି ।। ୭
କୃଷ୍ଣବିଷୟେ ଦୃଢ଼ଚିତ୍ତ । ନିଶ୍ଚୟ କରି ପରୀକ୍ଷିତ ।। ୮
ଆତ୍ମତ୍ତ୍ୱଭାବ ହେଲେ ଦେହେ । ପୁଣି ପୁଚ୍ଛଇ ଅତି ସ୍ନେହେ ।। ୯

ରାଜା ଉବାଚ

ହେ ଶୁକ ତୁମ୍ଭର ବଚନ । କୃଷ୍ଣର ଯେତେ ଗୁଣକର୍ମ ।। ୧୦
ଯାହା ଶୁଣନ୍ତେ ପାପହରେ । ପବିତ୍ର ବାହ୍ୟ-ଅଭ୍ୟନ୍ତରେ ।। ୧୧
ଶୁଣି ଅଜ୍ଞାନ ମୋର ଗଲା । ତୁମ୍ଭ ପ୍ରସାଦ ଯେଣୁ ହେଲା ।। ୧୨
ସେ କଥା କହ ମୁନି ମୋତେ । ଯେମନ୍ତେ ଧରି ଦୃଢ଼ଚିତ୍ତେ ।। ୧୩
ସେ ହରି ଆତ୍ମମାୟାବଳେ । ସୃଷ୍ଟି ସଞ୍ଚଇ ଏ ଶୟଳେ ।। ୧୪
ବିଷ୍ଣୁର ସର୍ଜିଲା ସଂସାର । ଅନ୍ୟଦେବଙ୍କୁ ଅଗୋଚର ।। ୧୫
ସେ କଥା ଜାଣିବାର ପାଇଁ । ଭୋ ମୁନି ପୁଣି ମୁଁ ପୁଚ୍ଛଇ ।। ୧୬
ସେ ବହୁ ଶକ୍ତିମନ୍ତ ହରି । ପରମ-ପୁରୁଷ-ମୁରାରି ।। ୧୭
ଯେମନ୍ତେ ପାଳି ପୁଣ ପରେ । ଯେ କାଳେ ଯେବା ଶକ୍ତିଧରେ ।। ୧୮
ଆତ୍ମାକୁ ଆତ୍ମା କରି ଖେଳା । କୁହୁକମତେ ବିଷ୍ଣୁଲୀଳା ।। ୧୯
ସୃଜଇ ପାଳଇ ସଂହରେ । ମାୟା-ତ୍ରିଗୁଣରୂପ ଧରେ ।। ୨୦
ଯେମନ୍ତେ ବ୍ରହ୍ମା-ବିଷ୍ଣୁ-ହର । କ୍ରୀଡ଼ନ କରେ ଦାମୋଦର ।। ୨୧
ବିବିଧରୂପ ଏ ଜଗତେ । ଯେମନ୍ତେ କରେ କ୍ରୀଡ଼ାଅର୍ଥେ ।। ୨୨
ଅଦ୍‌ଭୁତକର୍ମ ଏ ତାହାର । କେ କରିପାରିବ ଗୋଚର ।। ୨୩

ଏକଇ ପୁରୁଷ ଅନନ୍ତ । ପ୍ରକୃତିମତେ ବହୁମତ ।। ୨୪
ଆଦିପୁରୁଷ ରୂପ ଧରି । ଯେମନ୍ତେ କ୍ରମେ ନରହରି ।। ୨୫
କାର୍ଯ୍ୟମାନଙ୍କୁ ଏ ସଂସାରେ । କଲେ କହିବା ମୁନିବରେ ।। ୨୬
ଯେ ଶବ୍ଦ ବ୍ରହ୍ମରେ ବିଚାର । ବ୍ରହ୍ମାନୁଭବରେ ଗୋଚର ।। ୨୭
ଏକ ଅନେକ ରୂପ ଧରେ । ଅଶେଷଜନ୍ମ କର୍ମ କରେ ।। ୨୮
ଏଣୁ ଶ୍ରବଣେ ଇଚ୍ଛା ମୋର । କହ ହେ ବ୍ୟାସଙ୍କ କୁମର ।। ୨୯
ହେ ମହାମୁନି ଭାଗବତ । ଶ୍ରବଣେ ପିଆଅ ଅମୃତ ।। ୩୦

ସୂତ ଉବାଚ

ଏମନ୍ତ ପରୀକ୍ଷିତ କଥା । ପୁରୁଷୋତ୍ତମ-ଗୁଣଗାଥା ।। ୩୧
ଶୁଣି ସାନନ୍ଦ ବ୍ୟାସସୁତ । କୃଷ୍ଣଚରଣେ ଦେଇ ଚିତ୍ତ ।। ୩୨
ସେ ପରୀକ୍ଷିତେ ପ୍ରତିବାଣୀ । କହିବା ଅର୍ଥେ ମୁନିମଣି ।। ୩୩
ଧ୍ୟାନେ ସେ ଚିନ୍ତି ନାରାୟଣ । ବୋଇଲେ ପରୀକ୍ଷିତ ଶୁଣ ।। ୩୪
ନମସ୍ତେ ପରମ-ପୁରୁଷ । ଅନନ୍ତଘଟେ ଯା ପ୍ରକାଶ ।। ୩୫
ଲୀଳାବିହାରେ ସୃଷ୍ଟିକରେ । ପାଳଇ ପୁଣି ସେ ସଂହରେ ।। ୩୬
ହେଲେ ଏ ତିନିଶକ୍ତି ଧରେ । ଜନ୍ତୁର ଅନ୍ତରେ ବିହରେ ।। ୩୭
ତେଣୁ ତା ମାର୍ଗ ଉପଲକ୍ଷ୍ୟ । କରିବ କାହାର ବା ଶକ୍ୟ ।। ୩୮
ନମସ୍ତେ ଜଗତଜୀବନ । ସାଧୁଙ୍କ ବୃଜିନ-ଦହନ ।। ୩୯
ଅସାଧୁ-ଦମନ ବେଭାର । ଅଖିଳଜନ୍ତୁ ରୂପ ତୋର ।। ୪୦
ପରମହଂସଙ୍କ ଆଶ୍ରମେ । ଯେ ବ୍ୟବସ୍ଥିତ ପ୍ରାଣୀମାନେ ।। ୪୧
ତାହାଙ୍କ ଆତ୍ମତତ୍ତ୍ୱଦାତା । ନିରତେ ତୋର ପାଦେ ଚିନ୍ତା ।। ୪୨
ନମସ୍ତେ ସାତ୍ତ୍ୱତବତ୍ସଳ । କୁଯୋଗୀଗଣେ ଅଗୋଚରେ ।। ୪୩
ସମେ ପ୍ରକାଶ ସର୍ବଠାରେ । ଜନ୍ତୁଙ୍କ ବାହ୍ୟ-ଅଭ୍ୟନ୍ତରେ ।। ୪୪
ଐଶ୍ୱର୍ଯ୍ୟେ ପରମ-କାରଣ । ଯେ ନିତ୍ୟେ ସ୍ୱଧାମ-ଧାରଣ ।। ୪୫
ଯା ନାମ ଶ୍ରବଣ-କୀର୍ତ୍ତନ । ଯା ରୂପ ଦେଖିଣ ନୟନ ।। ୪୬
ନମିଲେ ଯାହାର ଚରଣ । ସ୍ମରଣ ପୂଜା ସମର୍ପଣ ।। ୪୭
ଜନ୍ତୁଙ୍କ କଳ୍ମଷ ନାଶଇ । ଯେ ସର୍ବମଙ୍ଗଳ ବୋଲାଇ ।। ୪୮
ଯେହରି ଶରଣ-ସୋଦର । ତାହାଙ୍କୁ ମୋର ନମସ୍କାର ।। ୪୯

ପଣ୍ଡିତଜନ ଯାର ପାଦେ । ସେବା ସମ୍ପାଦି ଅପ୍ରମାନେ ॥୫୦
ଆତ୍ମାର କଲ୍ମଷ ନାଶନ୍ତି । ଜନ୍ମମରଣେ ନଡରନ୍ତି ॥୫୧
ଆତ୍ମାର ଶ୍ରମ କରି ଶାନ୍ତି । ଅନ୍ତେ ଲଭନ୍ତି ବ୍ରହ୍ମଗତି ॥୫୨
ସର୍ବମଙ୍ଗଳ ଦାମୋଦର । ତାହାଙ୍କୁ ମୋର ନମସ୍କାର ॥୫୩
ଯେ ପ୍ରାଣୀ ତପ-ଦାନ କରେ । ଯଶ ସମ୍ପାଦି ଏ ସଂସାରେ ॥୫୪
ସୁବୁଦ୍ଧିପଣେ ମନ୍ତ୍ରସାଧି । ମଙ୍ଗଳକର୍ମକୁ ଆରାଧି ॥୫୫
ଏଣୁ ଅର୍ଜନ୍ତି ଯେତେ ଫଳ । ତୋତେ ନ ସମର୍ପି ନିଷ୍ଫଳ ॥୫୬
ସୁଭଦ୍ରଶ୍ରବା ନାମ ଯାର । ତାହାଙ୍କୁ ମୋର ନମସ୍କାର ॥୫୭
କିରାତ ହୂଣ ଆନ୍ଧ୍ର ଯେତେ । ପୁଳିନ୍ଦ ଚଣ୍ଡାଳ ସମେତେ ॥୫୮
ଆଭୀର କଙ୍କ ଯେ ଯବନ । ଏ ଆଦି ଯେତେ ଅନ୍ତ୍ୟଜନ ॥୫୯
ଦୁଷ୍କୃତକର୍ମ ଯେ କରନ୍ତି । ଯା ପାଦ ଆଶ୍ରିତେ ତରନ୍ତି ॥୬୦
ସର୍ବ-ପ୍ରଭବଶୀଳ ଯେହି । ତା ପାଦପଦ୍ମେ ମୁଁ ନମଇଁ ॥୬୧
ଯେ ହରି ଜଗତ-ଜୀବନ । ଆତ୍ମଜ୍ଞାନୀଙ୍କ ଆତ୍ମାଧନ ॥୬୨
ଏ ତିନିବେଦ ଯାର ଦେହ । ଯେ ଧର୍ମମୟ ତପୋମୟ ॥୬୩
ନିର୍ମଳତପେ ଯୋଗୀଜନେ । ବ୍ରହ୍ମାଶଙ୍କର ଅନୁମାନେ ॥୬୪
ନାନାପ୍ରକାରେ ଧ୍ୟାନେ ଚିନ୍ତି । ଯା ରୂପ କେହି ନ ଦେଖନ୍ତି ॥୬୫
ଯେ ଲକ୍ଷ୍ମୀପତି ଯଜ୍ଞପତି । ଯେ ପ୍ରଜାପତି ଜ୍ଞାନପତି ॥୬୬
ଯେ ଲୋକପତି ଧରାପତି । ଯାଦବବଂଶ-ପତି-ଗତି ॥୬୭
ସାଧବଗଣେ ଯାହା ଚିନ୍ତି । ସେ ହେଉ ମୋର ମନେ ସ୍ଥିତି ॥୬୮
ଯାର ଚରଣ-ଧ୍ୟାନବଳେ । ନିଶ୍ଚଳ-ସମାଧିର ଜଳେ ॥୬୯
ବୁଦ୍ଧି କି ପ୍ରକ୍ଷାଳନ କରି । ଯାହା ଚିନ୍ତନ୍ତି ବ୍ରହ୍ମଚାରୀ ॥୭୦
ସଗୁଣ-ନିର୍ଗୁଣ ବିଚାରେ । କହନ୍ତି ଯଥା ଅନୁସାରେ ॥୭୧
ସେହରି ମୋର ହୃଦଗତେ । ପ୍ରକାଶ ହେଉ ଅବିରତେ ॥୭୨
ଯାହାର ଆଜ୍ଞା ପରମାଣେ । ଭାରତୀ ଆସି ତତକ୍ଷଣେ ॥୭୩
ପ୍ରକାଶି କଳ୍ପ ଆଦିକାଳେ । ବ୍ରହ୍ମାର ହୃଦୟ-କମଳେ ॥୭୪
ସୃଷ୍ଟି-ବିଷୟ ଜ୍ଞାନ ଦେଲା । ମୁଖେ ଗାୟତ୍ରୀ ଉଚ୍ଚାରିଲା ॥୭୫
ନମସ୍ତେ ବ୍ୟାସରୂପ ହରି । ହୃଦୟେ ବସ କୃପା କରି ॥୭୬
ମହତ ଆଦି ପଞ୍ଚଭୂତେ । ଜନ୍ତୁ ଭିଆଇ ଏ ଜଗତେ ॥୭୭

ଜନ୍ତୁଙ୍କ ହୃଦୟ-କମଳେ । ଯାର ଆସନ ସୁଖଭୋଳେ ॥୭୮
ଗୁଣସମୂହ ସୁଖେ ଭୁଞ୍ଜେ । ଷୋଡ଼ଶଆତ୍ମାରୂପେ ରାଜେ ॥୭୯
ସେ ହରି ବସୁ ମୋର ହୃଦେ । ବାକ୍ୟ ଆବୋରି ପଦେପଦେ ॥୮୦
ନମଇଁ ବ୍ୟାସମୁନିବର । କୃଷ୍ଣେ ଅକୁଣ୍ଠବୁଦ୍ଧି ଯାର ॥୮୧
ଯା ମୁଖପଦ୍ମୁଁ ଜ୍ଞାନରସେ । ମୁନିଏ ପିବନ୍ତି ହରଷେ ॥୮୨
ଯେ ହରିକଥା ପୂର୍ବକାଳେ । ନାରଦଋଷି ମୁନିମେଳେ ॥୮୩
ବ୍ରହ୍ମାଙ୍କୁ ପଚାରିଲେ ଯେତେ । ପ୍ରସନ୍ନେ କହିବି ମୁଁ ତୋତେ ॥୮୪
ଏ ବାଣୀ ଶୁଣି ସୁଖଭୋଳେ । ପ୍ରାଣୀ ନିସ୍ତରେ ଭବଜଳେ ॥୮୫
କହଇ ଦାସ ଜଗନ୍ନାଥ । ଦ୍ୱିତୀୟସ୍କନ୍ଧେ ଭାଗବତ ॥୮୬

ଇତି ଶ୍ରୀମଦ୍‌ଭାଗବତେ ମହାପୁରାଣେ ପାରମହଂସ୍ୟାଂ ସଂହିତାୟାଂ
ଦ୍ୱିତୀୟସ୍କନ୍ଧେ ଚତୁର୍ଥୋଽଧ୍ୟାୟଃ ।

ପଞ୍ଚମ ଅଧ୍ୟାୟ

ଆନନ୍ଦ ଚିତ୍ତେ ସେ ନାରଦ । ପୁଚ୍ଛଇ ବ୍ରହ୍ମାଙ୍କର ପାଦ ॥୧

ନାରଦ ଉବାଚ

ଭୋ ଦେବଦେବ ନମସ୍ତୁତେ । ଭୂତଭାବନ ତୁ ଜଗତେ ॥୨
ସୃଷ୍ଟିର ଅଗ୍ରେ ତୋର ଦେହୀ । ତୋ ଭାବ ନ ଜାଣନ୍ତି କେହି ॥୩
ଆତ୍ମାର ତତ୍ତ୍ୱ ତୁମ୍ଭେ ଜାଣ । ଯେ ବେଦ-ପୁରାଣେ ପ୍ରମାଣ ॥୪
ଯେ ରୂପ ଯହିଁ ତୋର ବାସ । ଯହୁଁ ଏ ଜଗତ ପ୍ରକାଶ ॥୫
ଯାହାର ଆଶ୍ରେ ଏ ବର୍ତ୍ତଇ । ପ୍ରକାଶି ଯହିଁ ଲୀନ ହୋଇ ॥୬
ଭୂତ-ଭବିଷ୍ୟ-ବର୍ତ୍ତମାନ । ତୁମ୍ଭ ଗୋଚରେ ଦିବ୍ୟଜ୍ଞାନ ॥୭

ହସ୍ତେ ଅଁଳାଫଳ ପ୍ରାୟେ । ତୁମ୍ଭ ଗୋଚରେ ଜ୍ଞାନ ରହେ ।। ୮
ଯେଣୁ ତୁମ୍ଭର ଜ୍ଞାନ ସ୍ଫୁରେ । ଯେବା ତୁମ୍ଭଙ୍କୁ ହୃଦେ ଧରେ ।। ୯
ଯାହାର ବଶ ତୁ ବୋଲାଇ । ବର୍ତ୍ତୁ ତୁ ଯାର ଆତ୍ମା ବହି ।। ୧୦
ଭୂତେ ସଞ୍ଚରି ଭୂତ କରୁ । ଯାହାର ମାୟାରେ ବିହରୁ ।। ୧୧
ଏ ଭୂତଗଣଙ୍କୁ ଯେ ପାଳେ । ଅପରାଭବୀ ଆତ୍ମା ତୁଲେ ।। ୧୨
ଆତ୍ମାର ଶକ୍ତିବଳେ ଭାବି । ଅକ୍ଲେଶେ ଯଥା ଉର୍ଣ୍ଣନାଭି ।। ୧୩
ଏ ସୃଷ୍ଟିକର୍ମ ଅଗୋଚର । କି ନାମ ଗୁଣରୂପ ଆର ।। ୧୪
ପର ଅପର ଯେ ମଧ୍ୟମ । ଯେ ଅବା ଅଛି ସ୍ଥୁଳସୂକ୍ଷ୍ମ ।। ୧୫
ଜାଣେ ମୁଁ ନାହିଁ ତୋ ବାହାରେ । ଅନ୍ୟ ବା କେ ଅଛି ସଂସାରେ ।। ୧୬
ତୁମ୍ଭେ ଯେ ଘୋରତପ କର । ଆତ୍ମା ସମାଧିବଳେ ଧର ।। ୧୭
ତେଣୁ ମୋହିତ ମୋର ମନ । ତୁମ୍ଭ ଉପରେ କେବା ଅନ୍ୟ ।। ୧୮
ଏ ମାୟା ସୃଜିଲା କେମନ୍ତେ । ଏଣୁ ସଂଶୟ ମୋର ଚିତ୍ତେ ।। ୧୯
ତୁମ୍ଭେ ସର୍ବଜ୍ଞ ସର୍ବେଶ୍ୱର । ମୋର ସଂଶୟ କର ଦୂର ।। ୨୦
ଭକତଭାବେ ପଚାରଇ । ସ୍ୱଭାବେ ପୁତ୍ର ମୁଁ ଅଟଇ ।। ୨୧
ଯେମନ୍ତେ ମୋର ଚିତ୍ତେ ସ୍ଫୁରେ । ଏ ବିଶ୍ୱ ସମାଧି-ଗୋଚରେ ।। ୨୨
ଏଣୁ ନାରଦବାକ୍ୟ ଶୁଣି । ହରଷେ କହେ ପଦ୍ମଯୋନି ।। ୨୩

ବ୍ରହ୍ମା ଉବାଚ

ଧନ୍ୟ ନାରଦ ମୁନିବର । ସାଧୁ ପ୍ରସ୍ତାବ ଏ ତୋହର ।। ୨୪
ତୁ ଯେ ପଚାରୁ ଜନହିତେ । ଏ ବ୍ରହ୍ମଭାଗ ଭାଗବତେ ।। ୨୫
ବିଷ୍ଣୁ ମହିମା ଦରଶନେ । ପୁଚ୍ଛିଲୁ ବିନୟବଚନେ ।। ୨୬
ତୁ ଯାହା ପଚାରିଲୁ ମୋତେ । ମିଥ୍ୟା ନୁହଇ ଏ ଉଚିତେ ।। ୨୭
ଯେଣୁ ଈଶ୍ୱର ପ୍ରାୟ କେହାଇ । ଏ ସୃଷ୍ଟି ମୋହର ଅଟଇ ।। ୨୮
ପରମେଶ୍ୱର ଜ୍ଞାନ ଯେଣୁ । ନାହିଁ ତୋହର ଭ୍ରାନ୍ତି ତେଣୁ ।। ୨୯
ବିଷ୍ଣୁର ଆଜ୍ଞା ଘେନି ମାଥେ । ବ୍ରହ୍ମାଣ୍ଡ ସୃଜିଲି ଯେମନ୍ତେ ।।୩୦
ଯେମନ୍ତେ ଅର୍କ-ଅଗ୍ନି-ଶଶୀ । ଗ୍ରହ-ନକ୍ଷତ୍ର-ତାରା-ରାଶି ।।୩୧
ତୋ ଆଦି ସନ୍ତୁ ଛନ୍ତି ଯେତେ । ଯେ ବିଷ୍ଣୁମାୟା ବଳଗ୍ରସ୍ତେ ।।୩୨
ବୋଲନ୍ତି ମୋତେ ବିଶ୍ୱଗୁରୁ । ଯାର ମହିମା ମହାମେରୁ ।।୩୩

ତାହା କହିବି ତୋ ସମୀପେ । ବିଷ୍ଣୁର ଆଜ୍ଞାବଳ ଦର୍ପେ ।।୩୪
ଯେ ହରି ଜଗତ-ଈଶ୍ୱର । ତାହାକୁ ମୋର ନମସ୍କାର ।।୩୫
ଯାହାର ଇଚ୍ଛାମାର୍ଗେ ସ୍ଥିତି । ଲାଜେ ଶଙ୍କିତ ଭଗବତୀ ।।୩୬
ସେ ମାୟାବଶେ ଏ ଜଗତ । ଅଜ୍ଞାନ ମଦେ ବିମୋହିତ ।।୩୭
ମୁହିଁ ମୋହର ଏ ଶରୀର । ଦାରା ସମ୍ପଦ ବନ୍ଧୁ ମୋର ।।୩୮
ଅଜ୍ଞାନଜନଙ୍କ ଏ ଭାବ । ସର୍ବସମ୍ପଦ ପଦ୍ମନାଭ ।।୩୯
ଏ ଦ୍ରବ୍ୟ-କାଳ-କର୍ମ-ଜୀବ । ଜୀବର ଯେ ଅବା ସ୍ୱଭାବ ।। ୪୦
ଯେତେ ଦେଖଇ ଭିନ୍ନେ ଭିନ୍ନେ । କୃଷ୍ଣହୁଁ କେବା ଅଛି ଅନ୍ୟେ ।। ୪୧
ବେଦବଚନ ଦେବଗଣ । ଏ ସର୍ବଲୋକ ଯଜ୍ଞଦାନ ।। ୪୨
ତପସ୍ୟା-ଯୋଗ-ଜ୍ଞାନ-ଗତି । ସର୍ବସମ୍ପଦ ଦାଶରଥି ।। ୪୩
ଯେ ହରି ସର୍ବଦେହେ ଦେହୀ । ସର୍ବ ଦେଖଇ ହୃଦେ ରହି ।। ୪୪
ତାର ଶରୀରୁ ମୁହିଁ ଜାତ । ତା ତେଜେ ସର୍ଜଇ ଜଗତ ।। ୪୫
ସ୍ୱଭାବେ ନିର୍ଗୁଣ-ମୁରାରି । ସୃଷ୍ଟି ସଞ୍ଚଇ ଗୁଣ ଧରି ।। ୪୬
ନିର୍ଗୁଣ-ପୁରୁଷ-ଈଶ୍ୱର । ତା ମାୟାବଳେ ଏ ସଂସାର ।। ୪୭
ସର୍ଗ-ପାଳନ-ତିରୋଧାନେ । ଗୁଣକୁ ଧରେ ଭିନ୍ନେ ଭିନ୍ନେ ।। ୪୮
କାର୍ଯ୍ୟ-କାରଣ-କର୍ତ୍ତା-ଅର୍ଥେ । ଦ୍ରବ୍ୟ-ଜ୍ଞାନ-କ୍ରିୟା ସମେତେ ।। ୪୯
ଗୁଣେ ରହନ୍ତି ଆଶ୍ରେ କରି । ନିର୍ଗୁଣ-ପୁରୁଷ ଆବୋରି ।। ୫୦
ଏ ତିନିଗୁଣ ଲିଙ୍ଗଗତେ । ମଧ୍ୟେ ବର୍ତ୍ତଇ ଅଲକ୍ଷିତେ ।। ୫୧
ମୋ ଆଦି ସର୍ବଜନଙ୍କର । ଆତ୍ମାସ୍ୱରୂପ ସେ ଈଶ୍ୱର ।। ୫୨
ମାୟା-ଈଶ୍ୱର ମାୟାବଳେ । ସର୍ଜେ ସ୍ୱଭାବ କର୍ମକାଳେ ।। ୫୩
ଆପଣା ଇଚ୍ଛାବଳେ କରି । ବିବିଧ-ଶରୀରକୁ ଧରି ।। ୫୪
ସେ କାଳ-ଗୁଣ ବ୍ୟତିକରେ । ସୃଜଇ ପାଳଇ ସଂହରେ ।। ୫୫
ତାର ସ୍ୱଭାବ କର୍ମ ଯୋଗେ । ମହତ ଉପୁଜିଲା ଆଗେ ।। ୫୬
ମହତ ବିକାରୁ ତକ୍ଷଣେ । ତ୍ରିଗୁଣ-ଲିଙ୍ଗ ଆବରଣେ ।। ୫୭
ତମପ୍ରଧାନ ଅତିରେକେ । ସେ ଦ୍ରବ୍ୟଜ୍ଞାନ କ୍ରିୟାତ୍ମକେ ।। ୫୮
ସ୍ୱଭାବେ ଶକ୍ତି ମହାଘୋର । ତମଅଧିକ ଅହଙ୍କାର ।। ୫୯
ସେ ଅହଙ୍କାର ନାମ ହୋଇ । ସେ ତିନି ପ୍ରକାର ଭଜଇ ।। ୬୦
ଗୁଣ ପ୍ରକାଶ ତିନିତିନି । ବିକାର-ତମ-ତେଜ ଘେନି ।। ୬୧

ଯେ ଶକ୍ତି-ଦ୍ରବ୍ୟ-କ୍ରିୟା-ଜ୍ଞାନ । ଏ ଭାବେ ଭେଦ ଭିନ୍ନ ଭିନ୍ନ ॥୬୨
ସେ ଅହଙ୍କାରେ ଭୂତ ଆଦି । ତାମସ-ଶକ୍ତି ତହିଁ ଭେଦି ॥୬୩
ଶବଦ-ଗୁଣ-ମାତ୍ରା ସଞ୍ଚେ । ନଭପ୍ରକାଶେ ଅନ୍ତରୀକ୍ଷେ ॥୬୪
ଶବଦ-ଗୁଣ ସେ ପ୍ରଧାନ । ଦୃଶ୍ୟଦର୍ଶକ ଭେଦସ୍ଥାନ ॥୬୫
ଶବଦ-ଗୁଣ ନଭୁ ହୋଇ । ଚତୁର୍ଥମାତ୍ରା ସଙ୍ଗେ ଲଇ ॥୬୬
ନଭବିକାରୁ ବାୟୁ ଜାତ । ସ୍ପରଶ ଶବ୍ଦଗୁଣେ ସ୍ଥିତ ॥୬୭
ସ୍ପରଶଗୁଣ ତା ପ୍ରବଳ । ଯେ ପ୍ରାଣସହ ଓଜ-ବଳ ॥୬୮
ପବନବିକାରୁ ତକ୍ଷଣେ । ସ୍ୱଭାବକାଳ କର୍ମଗୁଣେ ॥୬୯
ସ୍ପରଶଗୁଣ ତହିଁ ଥାଇ । ତୃତୀୟମାତ୍ରା ଭାବ ବହି ॥୭୦
ଶବଦ-ସ୍ପର୍ଶ-ରୂପ ତାର । ପ୍ରଚଣ୍ଡତେଜ ମହାଘୋର ॥୭୧
ତେଜବିକାରୁ ସେ ଉଦକ । ଯାର ସ୍ୱଭାବ ରସାତ୍ମକ ॥୭୨
ଶବ୍ଦ-ସ୍ପରଶ-ରୂପ ତିନି । ଏ ତିନିରସ ସଙ୍ଗେ ଘେନି ॥୭୩
ଆପବିକାରୁ ମହୀଜାତ । ସେ ପଞ୍ଚମାତ୍ରା ଗୁଣେ ଯୁତ ॥୭୪
ସତ୍ତ୍ୱ-ବିକାରତହୁଁ ମନ । ଯେ ରୂପେ ପ୍ରକାଶେ ଗଗନ ॥୭୫
ମନର ସଙ୍ଗେ ଦେବବଳ । ଦଶଇନ୍ଦ୍ରିୟ ରକ୍ଷପାଳ ॥୭୬
ଦିଗ-ବାତାର୍କ-ଜଳପତି । ଅଶ୍ୱିନୀ-ବହ୍ନି-ସୁରପତି ॥୭୭
ଉପେନ୍ଦ୍ର-ମିତ୍ର-ପ୍ରଜାପତି । ଏ ରୂପେ ଦଶ ଉତପତି ॥୭୮
ତୈଜସବିକାରୁ ତକ୍ଷଣେ । ଜନ୍ମିଲେ ଦଶଇନ୍ଦ୍ରିଗଣେ ॥୭୯
ଯେ ଜ୍ଞାନ କ୍ରିୟା ବୁଦ୍ଧି ପ୍ରାଣ । ତୈଜସଶକ୍ତି ଏ ପ୍ରମାଣ ॥୮୦
ଶ୍ରୁତିଯୁଗଳ ଚର୍ମ ଘ୍ରାଣ । ନୟନ ଜିହ୍ୱା ପଞ୍ଚଜ୍ଞାନ ॥୮୧
ବଚନ ପାଣି ଅଂଘ୍ରିବେନି । ଉପସ୍ଥ ମୂଳାଧାର ଘେନି ॥୮୨
ଏ କର୍ମ ଇନ୍ଦ୍ରିୟ ପ୍ରକାର । ଦଶଦେବଙ୍କ ଅଧିକାର ॥୮୩
ଭୂତ ଇନ୍ଦ୍ରିୟ-ଗଣ ମନ । ମହତ ଆଦି ତିନିଗୁଣ ॥୮୪
ଯେଣୁ ନୋହିଲେ ଏକମନ । ଏ ତେଣୁ ନ ପାଇଲେ ସ୍ଥାନ ॥୮୫
ବ୍ରହ୍ମାଣ୍ଡ ହେତୁ ଏ ପ୍ରତ୍ୟକ୍ଷେ । ସୂକ୍ଷ୍ମେ ରହିଲେ ଅନ୍ତରୀକ୍ଷେ ॥୮୬
ସ୍ଥାନ ନ ପାଇ ଅନ୍ୟୋଅନ୍ୟେ । ସ୍ଥକିତେ ରହିଲେ ଗଗନେ ॥୮୭
କେତେହେଁ କାଳ ଶୂନ୍ୟେ ରହି । ଶବଦେ ବିଷ୍ଣୁଆଜ୍ଞା ପାଇ ॥୮୮
ଏ ମହାଭୂତେ ସୂକ୍ଷ୍ମଭୂତେ । ଘଟିତ ଅନ୍ୟୋଅନ୍ୟ ଯୁତେ ॥୮୯

ସୁବର୍ଣ୍ଣ-ଅଣ୍ଡ ଉପୁଜିଲା । ତକ୍ଷଣେ ଉଦକେ ପଡ଼ିଲା ॥୯୦
ଅନେକ ସହସ୍ର ବରଷେ । ସେ ଅଣ୍ଡ ମହାଜଳେ ଭାସେ ॥୯୧
ସେ ଅଣ୍ଡ ମଧ୍ୟେ ଜୀବ ଜାତ । କାଳ କର୍ମ ସ୍ୱଭାବେ ସ୍ଥିତ ॥୯୨
ଜୀବ ସ୍ୱଭାବେ ଅଚେତନ । ଚେତନା ଦେଲେ ଭଗବାନ ॥୯୩
ସେ ସର୍ବଗୁଣ ସର୍ବସିଦ୍ଧି । କେତେହେଁ କାଳେ ଅଣ୍ଡଭେଦି ॥୯୪
ପୁରୁଷେ ହୋଇଲା ବାହାର । ଏବେ ହୋ ଶୁଣ ମୁନିବର ॥୯୫
ସହସ୍ର-ଉରୁ-ଅଂଘ୍ରି-ବକ୍ଷ । ସହସ୍ରନୟନ ପ୍ରତ୍ୟକ୍ଷ ॥୯୬
ସହସ୍ରେ ଶିର ସସ୍ରଭୁଜ । ଆନନ ଅପ୍ରମିତ ତେଜ ॥୯୭
ତାହାର ଦେହ ଶୂନ୍ୟେ ଦେଖି । ଲୋକର ସ୍ଥିତି ଉପଲକ୍ଷି ॥୯୮
ଦ୍ୱିସପ୍ତଲୋକ ତାର ଅଙ୍ଗେ । କଳ୍ପିତ ଅଧ ଉର୍ଦ୍ଧ୍ୱ ଭାଗେ ॥୯୯
ମୁଖୁ କଳ୍ପିତ ବ୍ରହ୍ମକୁଳ । କ୍ଷତ୍ରିୟଜାତ ବାହୁମୂଳ ॥୧୦୦
ଉରୁ ଯୁଗଳୁ ବୈଶ୍ୟଗଣେ । ଶୂଦ୍ର ଉପୁଜିଲା ଚରଣେ ॥୧୦୧
ଭୂଲୋକ କଟୀଭାଗେ ସ୍ଥିତ । ନାଭିରୁ ଭୁବଲୋକ ଜାତ ॥୧୦୨
ହୃଦରେ ସ୍ୱର୍ଗଲୋକ ମିଳେ । ମହତଲୋକ ଉରସ୍ଥଳେ ॥୧୦୩
ଜନଲୋକ ଯେ ଗ୍ରୀବାତଟେ । ତପ ବସଇ ବେନିଓଷ୍ଠେ ॥୧୦୪
ମୂର୍ଦ୍ଧନି ମଧ୍ୟେ ସତ୍ୟଲୋକ । ଯେ ବ୍ରହ୍ମ-ସନାତନ-କଳ୍ପ ॥୧୦୫
ସପ୍ତପାତାଳ ଅଧୋଭାଗେ । ଶୁଣ କହିବା ପ୍ରତିଅଙ୍ଗେ ॥୧୦୬
ଅତଳ ବସେ କଟୀଦେଶେ । ଉରୁରେ ବିତଳ ପ୍ରକାଶେ ॥୧୦୭
ସୁତଳ ବସେ ଜାନୁମୂଳ । ଜଂଘର ମୂଳେ ତଳାତଳ ॥୧୦୮
ଯେ ମହାତଳ ଗୁଲ୍‌ଫଦେଶେ । ପାଦାଗ୍ରେ ରସାତଳ ବସେ ॥୧୦୯
ପାତାଳ ପାଦତଳେ ରହେ । ଏଣୁ ଭୁବନ ବିଶ୍ୱଦେହେ ॥୧୧୦
ଯେ ଭୂଲୋକ ପାଦେ ବସେ । ନାଭିରେ ଭୁବ ଯେ ପ୍ରକାଶେ ॥୧୧୧
ସ୍ୱଲୋକ କଳ୍ପିତ ମୂର୍ଦ୍ଧନି । ବିଶ୍ୱଦେହେ ବା ବିଶ୍ୱମାନି ॥୧୧୨
ନାରଦ ଆଗେ ବେଦବର । ଯାହା କହିଲେ ବେଦସାର ॥୧୧୩
ସୁଜନଜନଙ୍କ ଶ୍ରବଣେ । ବ୍ରାହ୍ମଣ ଜଗନ୍ନାଥ ଭଣେ ॥୧୧୪

ଇତି ଶ୍ରୀମଦ୍‌ଭାଗବତେ ମହାପୁରାଣେ ପାରମହଂସ୍ୟାଂ ସଂହିତାୟାଂ
ଦ୍ୱିତୀୟସ୍କନ୍ଧେ ପଞ୍ଚମୋଽଧ୍ୟାୟଃ ।

ଷଷ୍ଠ ଅଧ୍ୟାୟ

ବ୍ରହ୍ମା ଉବାଚ

ଶୁଣ ନାରଦ ମହାଋଷି । ବିରାଜରୂପେ ବ୍ରହ୍ମରାଶି ।।୧
ବ୍ରହ୍ମାଣ୍ଡ ମଧ୍ୟେ ପ୍ରବେଶିଲା । ଯେ ଅଙ୍ଗୁ ଯେବା ପ୍ରକାଶିଲା ।।୨
ତାହା କହିବା ତୋତେ ଭଲେ । ଇନ୍ଦ୍ରିୟଅର୍ଥେ ଇନ୍ଦ୍ରିତୁଲେ ।।୩
ବଚନ ବହ୍ନିମୁଖେ ବସେ । ଯେଣେ ତା ଶବଦ ପ୍ରକାଶେ ।।୪
ସପତଛନ୍ଦ ଧାତୁ ଯେତେ । ଦେହରେ ବସେ ତା ବାହ୍ୟାନ୍ତେ ।।୫
ରସନା ଷଡ଼ରସେ ରସେ । ଜଳାଧିପତି ଯହିଁ ବସେ ।।୬
ସେ ଦେବ-ପିତୃ ନରଙ୍କର । ଅନ୍ନର ସ୍ଥାନ ସେ ଆବର ।।୭
ପ୍ରାଣସହିତ ଦଶପ୍ରାଣ । ସୁଗନ୍ଧ ଦୁର୍ଗନ୍ଧ ଆଘ୍ରାଣ ।।୮
ନାସାବିବରେ ଆଶ୍ରେ କଲେ । ଅଶ୍ୱିନୀକୁମାରଙ୍କ ତୁଲେ ।।୯
ଚକ୍ଷୁଇନ୍ଦ୍ରିୟ ରୂପ ଅର୍ଥେ । ସୂର୍ଯ୍ୟ ପ୍ରକାଶ ଦୃଷ୍ଟିପଥେ ।।୧୦
ଶବଦଅର୍ଥେ କର୍ଣ୍ଣବେନି । ଦିଗବସଇ ତୀର୍ଥ ଘେନି ।।୧୧
ସେ ଦେବଦେହେ ଚର୍ମଦେଶେ । ସ୍ପରଶ ପବନ ପ୍ରକାଶେ ।।୧୨
ଯେ ସର୍ବଯଜ୍ଞବସ୍ତୁ ସାର । ସର୍ବସୌଭାଗ୍ୟର ବେଭାର ।।୧୩
ଚର୍ମ ଉପରେ ରୋମ ଭେଦି । ସେବୃକ୍ଷ ଯେଣେ ଯଜ୍ଞ ସାଧି ।।୧୪
କେଶ ପ୍ରକାଶ ମୁଣ୍ଡେ ଦାଢ଼ି । ଯେ ପାଦେ କରେ ନଖ ଜଡ଼ି ।।୧୫
ସେ ତିନି ମଧ୍ୟେ ତିନିଦେବା । ପାଷାଣ ଲୌହ ମେଘପ୍ରଭା ।।୧୬
ବାସବଆଦି ଦିଗପାଳେ । ବସନ୍ତି ତାର ଭୁଜମୂଳେ ।।୧୭
ତାର ବିକ୍ରମେ ଲୋକତିନି । ଭୂଲୋକ-ଭୁବ-ସ୍ୱର୍ଗ ଘେନି ।।୧୮
ଯେ ସର୍ବ-କୁଶଳ-କାରଣ । ସକଳ-ଭୟ-ନିବାରଣ ।।୧୯
ସେ ହରି ଚରଣକମଳ । ସକଳ-କାମବର-ସ୍ଥଳ ।।୨୦
ଯେ ସର୍ଗ ଶୁକ୍ରଘ ନରସ । ଯା ମେଢ୍ରେ ପ୍ରଜାପତି ବାସ ।।୨୧
ମନ ଇନ୍ଦ୍ରିୟରସେ ରସେ । ଜନନେ ପ୍ରଜାପତି ବସେ ।।୨୨
ସନ୍ତାନ ଅର୍ଥେ ସେ କଳ୍ପିତ । ସମ୍ଭୋଗ କାମେଣ ନିବୃତ୍ତ ।।୨୩
ମଳ ଉତ୍ସର୍ଗ ମଳଦ୍ୱାରେ । ଯମ ବସଇ ଅଧିକାରେ ।।୨୪

ନାଡ଼ୀ ସମୂହେ ନଦୀନଦେ । ଗିରି ସମୂହେ ଅସ୍ଥିଭେଦେ ।।୨୫
ପାୟୁ ନରକ ଯମକ୍ଷେତ୍ର । ତା ମଳତ୍ୟାଗସ୍ଥାନ ମିତ୍ର ।।୨୬
ହିଂସା ଅଲକ୍ଷ୍ମୀ ମୃତ୍ୟୁ ତହିଁ । ନିୟତ ବସତି କରଇ ।।୨୭
ସେ ଜୀବଦେହେ ପୃଷ୍ଠଦେଶେ । ଅଧର୍ମ ସଙ୍ଗେ ତମ ବସେ ।।୨୮
ସପତସିନ୍ଧୁ ଗର୍ଭେ ରହି । ଭୋଜନେ ତୁଷ୍ଟିପୁଷ୍ଟି ବହି ।।୨୯
ଉଦରେ ମୃତ୍ୟୁ ହୃଦଦେଶେ । ସର୍ବବ୍ୟାପକ ମନ ବସେ ।।୩୦
ବିରାଟଆତ୍ମା ଦେହ ମଧ୍ୟେ । ବସଇ ସକଳ ସମ୍ପଦେ ।।୩୧
ଧର୍ମ ସଙ୍ଗତେ ପଦ୍ମଯୋନି । ତୋ ସଙ୍ଗେ କୁମାରଙ୍କୁ ଘେନି ।।୩୨
ବିଜ୍ଞାନ-ସତ୍ତ୍ୱ ରୁଦ୍ର ସଙ୍ଗେ । ସର୍ବେ ଆଶ୍ରିତ ଆତ୍ମାଅଙ୍ଗେ ।।୩୩
ବ୍ରହ୍ମା ନାରଦ ଭବ ଆଦି । ମୁନିଏ ଯେତେ ବେଦବାଦୀ ।।୩୪
ସୁର ଅସୁର ନର ନାଗ । ଯେ ସରୀସୃପ ଖଗ ମୃଗ ।।୩୫
ଗନ୍ଧର୍ବ ଅପ୍‌ସରା ଯକ୍ଷ । ଭୂତ ଉରଗ ପଶୁ ରକ୍ଷ ।।୩୬
ପିତର ସିଦ୍ଧ ବିଦ୍ୟାଧର । ଚାରଣ ଗୁହ୍ୟକ କିନ୍ନର ।।୩୭
ବୃକ୍ଷ ଔଷଧି ଲତା ଯେତେ । ବିବିଧଜୀବଙ୍କ ସମେତେ ।।୩୮
ଯେ ଜଳ ସ୍ଥଳ ଅନ୍ତରୀକ୍ଷେ । ଗ୍ରହ ଆଦିତ୍ୟ କେତୁଋକ୍ଷେ ।।୩୯
ତାରା ସମୂହ ତେଜେ ଝଳି । ଜୀମୂତ ପ୍ରକାଶେ ବିଜୁଳି ।।୪୦
ତା ତନୁ ଏ ସର୍ବ କାରଣ । ଭୂତ ଭବିଷ୍ୟ ବର୍ତ୍ତମାନ ।।୪୧
ଏ ରୂପେ ଏ ବିଶ୍ୱ-ସଂସାର । ପ୍ରକାଶେ ଯାହାର ଶରୀର ।।୪୨
ବିତସ୍ତିମାତ୍ର ମଧ୍ୟେ ରହେ । ଏକ ଅନେକ ଜନ୍ତୁ ଦେହେ ।।୪୩
ଭିତରେ ରହେ ପ୍ରାଣ ତେଜେ । ପ୍ରକାଶେ ଅନ୍ତର ବାହିଯେ ।।୪୪
ଅବ୍ୟୟ ଅମୃତ ଈଶ୍ୱର । ଜନ୍ମ-ମରଣ ଆରପାର ।।୪୫
ତାହାର ଏମନ୍ତ ମହିମା । ଏଣୁ ଦୁସ୍ତର ଗୁଣସୀମା ।।୪୬
ପାଦେ ଅଶେଷ ଭୂତ ବସେ । ଅମୃତାଭୟ କ୍ଷେମକୋଷେ ।।୪୭
ତ୍ରିଲୋକ ଉର୍ଦ୍ଧ୍ୱେ ତିନିଲୋକ । ବହେ ଅଭୟ କ୍ଷେମ ସୁଖ ।।୪୮
ଯେ ପ୍ରଜାଶ୍ରମେ ଧର୍ମ ଚିନ୍ତେ । ତ୍ରିଲୋକେ ଭ୍ରମେ ଗତାଗତେ ।।୪୯
ଯେ ଆନ ଆଶ୍ରମେ ରମନ୍ତି । ତ୍ରୈଲୋକ୍ୟ ବାହ୍ୟେ ତାଙ୍କ ସ୍ଥିତି ।।୫୦
ଜୀବର ଏହି ବେନିଗତି । ବିଦ୍ୟା ଅବିଦ୍ୟା ଭାବେ ହୋନ୍ତି ।।୫୧
ଯେ ଶ୍ରୁତିମାର୍ଗେଣ ଉତ୍ତରେ । ଦକ୍ଷିଣେ ପୁରୁଷ ସଞ୍ଚରେ ।।୫୨

ଭୋଗାପବର୍ଗର ସାଧନ । ଜୀବର ଏ ବେନି ଅୟନ ।।୫୩
ଯାହାର ଅଂଶ ମାୟାମୟ । ଭୂତ-ଇନ୍ଦ୍ରିୟ-ଗୁଣାଶ୍ରୟ ।।୫୪
ବିରାଟ ରୂପେ ଜାତ ହୁଏ । କିରଣ ଯେହ୍ନେ ସୂର୍ଯ୍ୟଦେହେ ।।୫୫
ଯାହାର ନାଭିପଦ୍ମଜାତ । ମୁଁ ବ୍ରହ୍ମା ବ୍ରହ୍ମାଣ୍ଡର ନାଥ ।।୫୬
ଯଜ୍ଞସମ୍ଭାର ନ ଜାଣଇ । ଯାବତ ତାର ଦେହେ ଥାଇ ।।୫୭
ତାର ଶରୀରେ ଯଜ୍ଞବିଧି । ଆଗମ-ନିଗମ ପ୍ରସିଦ୍ଧି ।।୫୮
ପଶୁ ଇନ୍ଧନ କୁଶ ଆଦି । ଯେମନ୍ତେ ଯେ ଅବା ସମ୍ପାଦି ।।୫୯
ଯଜନ ଦେବ ପିତୃ ତୋଷେ । ଯେ କାଳ ଯେବା ପୁଣ୍ୟଦେଶେ ।।୬୦
ଯେତେ ପାତ୍ରରେ ଯଜ୍ଞ କରି । ମନ୍ତ୍ର ଔଷଧି ଆଦିକରି ।।୬୧
ସ୍ନେହରସ ଯେ ଲୌହ ଆଦି । ମୃତ୍ତିକା ଜଳ ଯେ ସମ୍ପାଦି ।।୬୨
ଋକ ଯଜୁଃ ଯେ ସାମ ତିନି । ଚତୁରହୋତ୍ର କର୍ମ ଘେନି ।।୬୩
ଯେ ନାମଧେୟ ଯେବା ମନ୍ତ୍ର । ଯେବା ଦକ୍ଷିଣା ଯେବା ବ୍ରତ ।।୬୪
ଦେବତା ଅନୁକ୍ରମ କଳ୍ପ । ଯେ ତନ୍ତ୍ର ଯେ ଅବା ସଙ୍କଳ୍ପ ।।୬୫
ଯେ ଗତି ଯଜ୍ଞ ଯେବା ମତି । ଯେ ସମର୍ପଣ ପ୍ରାୟଶ୍ଚିତ୍ତି ।।୬୬
ଯଜ୍ଞସମ୍ଭାର ତା ଶରୀରେ । ଲଭିଲି ଜନ ଉପକାରେ ।।୬୭
ତାର ବିଭୂତି ତାର ଅଙ୍ଗେ । ଯଜ୍ଞ ଆରୋଧି ହବିର୍ଭାଗେ ।।୬୮
ପୂଜିଲି ପୁରୁଷ-ପୁରାଣ । ତେଣୁ ମୁଁ ସଂସାର-କାରଣ ।।୬୯
ସକଳ ଯଜ୍ଞଭାଗେ ଚିନ୍ତି । ମୋ ଅନ୍ତେ ନବପ୍ରଜାପତି ।।୭୦
ଯଜ୍ଞପୁରୁଷ ସ୍ଥାପି କୁଣ୍ଡେ । ଯେମନ୍ତ ବିଧି କର୍ମକାଣ୍ଡେ ।।୭୧
ପୂଜିଲେ ତାହାର ଚରଣେ । ଯେ ବିଧି ମନ୍ତ୍ର-ଉଚ୍ଚାରଣେ ।।୭୨
ଏହି ପ୍ରକାରେ ସର୍ବଋଷି । ପିତୃ ଦେବତା ମନୁ ବସି ।।୭୩
ଦାନବ ମାନବ ସହିତେ । ଯଜ୍ଞେ ପୂଜିଲେ ବେଦମନ୍ତ୍ରେ ।।୭୪
ସେ ହରି ଅଙ୍ଗେ ଏ ଜଗତ । ଯଜ୍ଞ ପୂଜନେ ସମାହିତ ।।୭୫
ଯେ ସ୍ୱୟଂ ନିର୍ଗୁଣ ଅନନ୍ତ । ମାୟା ଗୃହୀତ ଗୁଣବନ୍ତ ।।୭୬
ଯଜ୍ଞେ ତାହାଙ୍କୁ ପୂଜା କରି । ମୁଁ ଏ ସଂସାରେ ଅଧିକାରୀ ।।୭୭
ତାହା ଆଜ୍ଞା ଶିରେ ବହି । ମୁଁ ଏ ସଂସାର ସରଜଇ ।।୭୮
ପାଳଇ ବିଷ୍ଣୁ ରୂପ ଧରି । ଶଙ୍କର ରୂପେଣ ସଂହରି ।।୭୯
ସୃଷ୍ଟିପାଳନ ସଂହାରଣ । ଏ ଆଦି ବିକାର ତ୍ରିଗୁଣ ।।୮୦

ସେ ମାୟାଧର ନରହରି । ଖେଳଇ ସୃଷ୍ଟିଲୀଳା କରି ।।୮୧
ତୁ ଯାହା ପୁଚ୍ଛିଲୁ ପ୍ରସ୍ତାବେ । ସଂକ୍ଷେପି କହିଲି ମୁଁ ଏବେ ।।୮୨
ସତ ଅସତ ରୂପ ଯେତେ । ମାୟା କଳ୍ପିତ ଏ ଜଗତେ ।।୮୩
ଏ ସର୍ବରୂପ ନାରାୟଣ । ଅନାଦି-ପରମ-କାରଣ ।।୮୪
ମୋର ବଚନ ହେ ନାରଦ । କେବେ ହେଁ ନୁହଇ ଅସଦ ।।୮୫
ମୋହର ମନ ସତ୍ୟେ ସ୍ଥିତି । ସ୍ୱଭାବେ ନୁହେ ମିଥ୍ୟାଗତି ।।୮୬
ଏ ମୋର ଇନ୍ଦ୍ରିଗଣ କେବେ । ନ ଯାନ୍ତି ଅସତ୍ୟ ଅମାର୍ଗେ ।।୮୭
ଯେଣୁ ମୋ ହୃଦେ ନାରାୟଣ । ଉତ୍କଣ୍ଠାଭାବେ ସୁମରଣ ।।୮୮
ତପ ସମାଧି ମୋର ସ୍ଥିତି । ମୁଁ ପ୍ରଜାପତିଙ୍କର ପତି ।।୮୯
ଯୋଗେ ନିପୁଣ ସମାହିତ । ଯେଣୁ ମୁଁ ଆତ୍ମତନ୍ତ୍ରେ ଜାତ ।।୯୦
ତେବେ ହେଁ ନ ଜାଣିଲି ତାକୁ । ଆନ କେ ଅଛି ଜାଣିବାକୁ ।।୯୧
ତାର ଚରଣେ ନମସ୍କାର । ଯା ଭାବେ ତୁଟଇ ସଂସାର ।।୯୨
ଶୁଭ ମଙ୍ଗଳ ସ୍ୱସ୍ତ୍ୟୟନ । ଆନନ୍ଦମୂଳ ମାୟାଧାମ ।।୯୩
ବ୍ରହ୍ମାଦି ଦେବେ ଅଗୋଚର । ଅକୁଣ୍ଠ-ମହିମା ଯାହାର ।।୯୪
ଆତ୍ମାରେ ଆତ୍ମମାୟା କରେ । ଲୀଳାରେ ବିହରେ ସଂସାରେ ।।୯୫
ସ୍ୱମାୟା ସେହି ନ ଜାଣଇ । କେ ଅବା ଅପରେ ଜାଣଇ ।।୯୬
ଦୃଶ୍ୟ ଅଦୃଶ୍ୟ ସର୍ବବ୍ୟାପୀ । ଗଗନ ଯେହ୍ନେ ବିଶ୍ୱରୂପୀ ।।୯୭
ମୁଁ ଯାର ଗତି ନ ଜାଣଇ । ତୁ କାହିଁ ପ୍ରବେଶିବୁ ତହିଁ ।।୯୮
ଭାବ ନ ପାରେ ଯାକୁ ଚିନ୍ତି । ଦେବେ ଜାଣିବେ କାହିଁ ଗତି ।।୯୯
ତାର ମାୟାରେ ମୋହି ହୋଇ । ତା ରୂପ କେହି ନ ଜାଣଇ ।।୧୦୦
ଆତ୍ମାର ସମ ଆମ୍ଭେ ଜାଣୁ । କେ ତାର ରୂପ ପରିମାଣୁ ।।୧୦୧
ଯା ଅବତାର କର୍ମମାନ । ମୋ ଆଦି କରନ୍ତି ଗାୟନ ।।୧୦୨
ତତ୍ତ୍ୱେ ଜାଣିବୁ ଆମ୍ଭେ କାହିଁ । ଯାହାର ଆଦିଅନ୍ତ ନାହିଁ ।।୧୦୩
ଯାର ଚରଣେ ଆମ୍ଭେ ନମୁ । ଯା ମାୟାରୂପ ବଳେ ଭ୍ରମୁ ।।୧୦୪
ସେ ଆଦିପୁରୁଷ ମୁରାରି । କଳ୍ପ-କଳ୍ପକେ ସୃଷ୍ଟି କରି ।।୧୦୫
ଆତ୍ମାରେ ଆତ୍ମାରୂପେ ମିଳେ । ଆତ୍ମାକୁ ଆପେ ହରେ ପାଳେ ।।୧୦୬
କେବଳ ଶୁଦ୍ଧ-ଜ୍ଞାନମୟେ । ସତ୍ୟସ୍ୱରୂପ ସର୍ବଦେହେ ।।୧୦୭
ଅନାଦି ଅନନ୍ତ ନିର୍ଗୁଣ । ନିତ୍ୟ ଅବ୍ୟୟ ନାରାୟଣ ।।୧୦୮

ଶୁଣ ନାରଦ ମନ ଦେଇ | ଯେମନ୍ତେ ତାହାକୁ ଜାଣଇ ||୧୦୯
ପ୍ରଶାନ୍ତ-ଆତ୍ମା ମୁନିଗଣେ | ନିର୍ମଳ-ଅନ୍ତରକରଣେ ||୧୧୦
ସମାଧି ଯୋଗବଳେ ଚିନ୍ତି | ଆତ୍ମାରେ ଆତ୍ମାକୁ ଦେଖନ୍ତି ||୧୧୧
ଅସତ୍ୟ ତର୍କ ଯେବେ ଥାଇ | ତେବେ ତା ଭାବ ନ ଜାଣଇ ||୧୧୨
ପରମ-ପୁରୁଷ ମୁରାରି | ଆଦ୍ୟାବତାର ତନୁ ଧରି ||୧୧୩
କାଳ ସ୍ୱଭାବ ସଙ୍ଗେ ମନ | ଯେ ନିତ୍ୟ ଶୁଦ୍ଧ ଚଇତନ ||୧୧୪
ଦ୍ରବ୍ୟ ବିକାର ତିନିଗୁଣ | ଦେବ ସମେତେ ଇନ୍ଦ୍ରିଗଣ ||୧୧୫
ବିରାଟ ରୂପେ ମହୀ ମାଝେ | ସ୍ଥାବର ଆଦି ଦେହେ ବିଜେ ||୧୧୬
ବ୍ରହ୍ମା ଶଙ୍କର ଯଜ୍ଞପତି | ଦକ୍ଷାଦି ଯେତେ ପ୍ରଜାପତି ||୧୧୭
ତୁ ଆଦି ସନକ ସହିତେ | ସ୍ୱର୍ଗେ ଦେବତା ଛନ୍ତି ଯେତେ ||୧୧୮
ଗରୁଡ଼ ଆଦି ଖଗପାଳେ | ଭୂଲୋକ ସପତ-ପାତାଳେ ||୧୧୯
ଗନ୍ଧର୍ବ ବିଦ୍ୟାଧରଗଣ | ଯେ ଯକ୍ଷ କିନ୍ନର ଚାରଣ ||୧୨୦
ରାକ୍ଷସ ସରୀସୃପ ନାଗେ | ବାସୁକି ଆଦି ମହୋରଗେ ||୧୨୧
ରଷିଙ୍କ ମଧ୍ୟେ ଶ୍ରେଷ୍ଠ ଯେତେ | ଯେ ପିତୃଗଣଙ୍କ ସମେତେ ||୧୨୨
ଦୈତ୍ୟ ଦାନବ ସିଦ୍ଧକୁଳ | ପ୍ରେତ ପିଶାଚ ଭୂତବଳ ||୧୨୩
କୁଷ୍ମାଣ୍ଡ ଜଳଜୀବ ଯେତେ | କି ଅବା ପଶୁପକ୍ଷୀ ଯେତେ ||୧୨୪
ଯେ ଆନେ ଛନ୍ତି ଯହିଁ ଯେତେ | ତେଜ ବିକ୍ରମ ବଳ ଯୁତେ ||୧୨୫
କମଳା ଆଦି ଅଷ୍ଟନିଧି | ଯେ ଗୁଣେ ଯେ ଅବା ପ୍ରସିଦ୍ଧି ||୧୨୬
ପ୍ରଧାନ ଗୁଣ ଯେବା ଭୂତେ | ଜଗତ ମଧ୍ୟେ ଛନ୍ତି ଯେତେ ||୧୨୭
ଏ ସର୍ବ ପରତତ୍ତ୍ୱ ଯେହି | ତାହାର ବିଭୂତି ଅଟଇ ||୧୨୮
ଏ ସର୍ବସାର ତା ଶରୀର | ଯେ ବିଷ୍ଣୁଲୀଳା ଅବତାର ||୧୨୯
ଏ ଲୀଳାକଥା ଗୀତସ୍ୱରେ | ପଶଇ ଯାର କର୍ଣ୍ଣଦ୍ୱାରେ ||୧୩୦
ସର୍ବ-ଦୁରିତ-ତମ ନାଶେ | ଯେବା ବଦନେ ନିତ୍ୟ ଘୋଷେ ||୧୩୧
ଶୁଣ ନାରଦ ମନଦେଇ | ଲୀଳାନୁକ୍ରମେ କହିବଇଁ ||୧୩୨
ଅମୃତ କୃଷ୍ଣଲୀଳା-ରସ | ଶ୍ରୁତିଯୁଗଳେ କର ଗ୍ରାସ ||୧୩୩
ତାହାଙ୍କ ଚରଣେ ବିଶ୍ୱାସ | କହଇ ଜଗନ୍ନାଥ ଦାସ ||୧୩୪

ଇତି ଶ୍ରୀମଦ୍‌ଭାଗବତେ ମହାପୁରାଣେ ପାରମହଂସ୍ୟାଂ ସଂହିତାୟାଂ
ଦ୍ୱିତୀୟସ୍କନ୍ଧେ ଷଷ୍ଠୋଽଧ୍ୟାୟଃ |

ସପ୍ତମ ଅଧ୍ୟାୟକ

ବ୍ରହ୍ମା ଉବାଚ

ଶୁଣ ନାରଦ ମୁନିବର | ଭବିଷ୍ୟ ଲୀଳା ଅବତାର ||୧
ଅଶେଷଜନଙ୍କର ହିତେ | ଶୁଣ କହିବା ତୋ ଅଗ୍ରତେ ||୨
ପଦ୍ମକଳ୍ପର ଅନ୍ତେ ହରି | ଶୂକରରୂପେ ଅବତରି ||୩
ସେ ସର୍ବ ଯଜ୍ଞମୟ ଗାତ୍ରେ | ଧରଣୀ ଉଦ୍ଧରିବା ଅର୍ଥେ ||୪
ଆଦିଅସୁର ଅବତାର | ପ୍ରଚଣ୍ଡ ହିରଣ୍ୟାକ୍ଷ ବୀର ||୫
ତାହାକୁ ମହାର୍ଣ୍ଣବ-ଜଳେ | ଦନ୍ତେ ବିଦାରିଲେ ପାତାଳେ ||୬
ବଜ୍ରେ ଯେସନେ ବଜ୍ରଧର | ହେଳେ ବିଦାରେ ମହୀଧର ||୭
ସେ ପୁଣି ରୁଚିରଷି ଘରେ | ଜନ୍ମିଲେ ଆକୂତି ଉଦରେ ||୮
ସେ ଯଜ୍ଞରୂପ ନରହରି | ଦକ୍ଷିଣା ଗର୍ଭେ ବିଜେକରି ||୯
ସର୍ବଦେବଙ୍କୁ ଜାତ କଲେ | ତ୍ରୈଲୋକ୍ୟ-ଭୟ ନିବାରିଲେ ||୧୦
ମନୁ ଯେ ବ୍ରହ୍ମାର ନନ୍ଦନ | ହରଷେ ଦେଲେ ହରି ନାମ ||୧୧
କର୍ଦ୍ଦମରଷି ଗୃହେ ପୂର୍ବେ | ଜନ୍ମିଲେ ଦେବହୂତି ଗର୍ଭେ ||୧୨
ତାଙ୍କ ସଙ୍ଗତେ ନବନାରୀ | ଜନ୍ମିଲେ ଦିବ୍ୟରୂପ ଧରି ||୧୩
ସେ ଜନ୍ମେ ଜନନୀର ଦୁଃଖ | ଦେଖି ସଦୟ ପଦ୍ମମୁଖ ||୧୪
ଆତ୍ମାର ଗତି ମାତାଆଗେ | କହିଲେ ତତ୍ତ୍ୱ-ଅନୁରାଗେ ||୧୫
ସେ ତତ୍ତ୍ୱେ ଆତ୍ମା-ଗୁଣ-ଦୋଷ | ସେ ଦେବହୂତି କଲେ ନାଶ ||୧୬
ତାହାଙ୍କୁ ମାୟାରୁ ଉଦ୍ଧରି | କପିଳରୂପେ ତପ କରି ||୧୭
ଅତ୍ରିର ତପ ଦେଖି ତୋଷେ | ତକ୍ଷଣେ ମିଳି ତାର ପାଶେ ||୧୮
ବୋଇଲେ ତୋତେ ଦେଲି ବର | ହୋଇବି ତୋହର କୁମର ||୧୯
ଦତ୍ତ-ବଚନେ ଦତ୍ତ ନାମ | ସୁନ୍ଦରେ ସମ ନୋହେ କାମ ||୨୦
ଧରଣୀ ପର୍ଯ୍ୟଟନ କଲେ | ଅନେକ ତପ ଆଚରିଲେ ||୨୧
ହୈହୟ ଯଦୁ ଆଦି ରାଜା | ଯାର ଚରଣେ କରି ପୂଜା ||୨୨
ଯୋଗ-ସମାଧି ସମ୍ପାଦିଲେ | ଜନ୍ମ-ମରଣୁ ନିସ୍ତରିଲେ ||୨୩
ସୃଷ୍ଟି-ସୃଜନେ ମନ କରି | ଆଦ୍ୟେ ମୁଁ ତପ ଯେ ଆଚରି ||୨୪
ତପର ବଳେ ଭଗବାନ | ଜାତ ହୋଇଲେ ଚତୁଃସନ ||୨୫
ଯେ ଯୋଗ ପୂର୍ବକାଳେ ଥିଲା | କଳ୍ପ-ପ୍ରଳୟେ ନାଶ ଗଲା ||୨୬

ତାହା ଉଦ୍ଧରି ଯୋଗବଳେ । ଧର୍ମ ରଖିଲେ ମହୀତଳେ ॥୨୭
ଦକ୍ଷକୁମାରୀ ଗର୍ଭେ ହରି । ଧର୍ମର ବୀର୍ଯ୍ୟେ ଅବତରି ॥୨୮
ସେ ଦକ୍ଷକନ୍ୟା ମୂର୍ତ୍ତି ନାମ । ସର୍ବସୁନ୍ଦର ଅନୁପମ ॥୨୯
ତାର ଉଦରୁ ପୂର୍ବକଳ୍ପେ । ଜନ୍ମିଲେ ନାରାୟଣ ରୂପେ ॥୩୦
ନର ସ୍ୱରୂପ ନର ନାମ । ସର୍ବସୁନ୍ଦର ପୁଣ୍ୟଧାମ ॥୩୧
ନିଶ୍ଚଳ ତପ ଯୋଗଧ୍ୟାନେ । ବସିଲେ ବଦରିକାଶ୍ରମେ ॥୩୨
ଅତି ଦୁଃସହ ତପ ଘୋରେ । ଇନ୍ଦ୍ର କମ୍ପିଲା ସ୍ୱର୍ଗପୁରେ ॥୩୩
ତକ୍ଷଣେ ଅପସରା ଗଣେ । ମିଳିଲେ ବଦରିକା ବନେ ॥୩୪
ଦିବ୍ୟ ସୁବେଶେ ନାନାରଙ୍ଗେ । ଆସି ମିଳିଲେ ତପଭଙ୍ଗେ ॥୩୫
ତୋଳେ ଉର୍ବଶୀ ରୂପ ଦେଖି । ଲାଜେ ହୋଇଲେ ଅଧୋମୁଖୀ ॥୩୬
କୋପନୟନେ ମୁନିଜନ । କାମକୁ କରନ୍ତି ଦହନ ॥୩୭
କୋପକୁ ନ ପାରନ୍ତି ଦହି । କୋପ ପ୍ରବେଶ ଯହିଁ ନାହିଁ ॥୩୮
କାହୁଁ କରିବେ ତପ ନାଶ । ବାହୁଡ଼ି ହୋଇଲେ ନିରାଶ ॥୩୯
ଉତ୍ତାନପାଦ ରାଜା କୋଳେ । ଧ୍ରୁବବାଳକ ରସଭୋଳେ ॥୪୦
ବସିବ ବୋଲି ବିଚାରିଲା । ମାତା-ସପତ୍ନୀ ଝିଙ୍ଗାସିଲା ॥୪୧
ସେ ନିଜ ଜନନୀ ବଚନେ । ଅରଣ୍ୟେ ଗଲା ଦୁଃଖମନେ ॥୪୨
ଅତି କଠୋର ତପ କଲା । ତାକୁ ଯେ ଧ୍ରୁବପଦ ଦେଲା ॥୪୩
ମୁନିଏ ଉର୍ଦ୍ଧ୍ୱେ ତଳେ ଥାଇ । ଧ୍ରୁବ ତପସ୍ୟାଫଳ ଚାହିଁ ॥୪୪
ସ୍ତୁତି କରନ୍ତି ତାର ତପେ । ଜନନୀ ଦେଖି ତା ସମୀପେ ॥୪୫
ବେଣ ଯେ ସତ୍ୟଯୁଗେ ରାଜା । ଅଧର୍ମେ ପାଳେ ଜନପ୍ରଜା ॥୪୬
ହରିଙ୍କି ନ ସ୍ଥାପନ୍ତେ ଭଲେ । ବ୍ରାହ୍ମଣେ ଶାପେ ନାଶ କଲେ ॥୪୭
ରାଜା-ମାରଣେ ଅରାଜକେ । ପ୍ରଜା ଦୁଃଖିତ ଅତିରେକେ ॥୪୮
ତା ଦେଖି ଦ୍ୱିଜେ ସ୍ତୁତି କରି । ତକ୍ଷଣେ ପୃଥୁରୂପ ଧରି ॥୪୯
ହରି ଜନ୍ମିଲେ ରାଜକୁଳେ । ଭୂମିକି ଦୁହିଁ ବାହୁବଳେ ॥୫୦
ପ୍ରଜାଙ୍କୁ ଶସ୍ୟବୀଜ ଦେଲେ । ଅନ୍ନସଙ୍କଟୁ ଉଦ୍ଧରିଲେ ॥୫୧
ନାଭିର ବୀର୍ଯ୍ୟେ ସେ ଋଷଭ । ସୁଦେବୀ ଉଦରେ ସମ୍ଭବ ॥୫୨
କପଟେ ଜଡ଼ରୂପ ଧରି । ସକଳ ଯୋଗ ସାଧ କରି ॥୫୩

ପରମହଂସ ମୁନିଗଣେ । ନମନ୍ତି ଯାହାର ଚରଣେ ॥୫୪
ସେ ସ୍ୱଚ୍ଛ ଶାନ୍ତ ଅନୁଗତ । ଅଶେଷସଙ୍ଗରୁ ବିମୁକ୍ତ ॥୫୫
ପୁଣି ମୋହର ଯଜ୍ଞକାଳେ । ମନ୍ତ୍ରେ ଉପୁଜିଲା ଅନଳେ ॥୫୬
ନର-ଶରୀର ଅଶ୍ୱଶିର । ସୁବର୍ଣ୍ଣବର୍ଣ୍ଣ ଜଟାଭାର ॥୫୭
ସକଳ ବେଦ ଯଜ୍ଞମୟ । ଅଖିଳ-ଆତ୍ମା ନିଜ ଦେହ ॥୫୮
ତାର ନିଃଶ୍ୱାସୁ ବେଦ ତିନି । ଜନ୍ମିଲେ କର୍ମକାଣ୍ଡ ଘେନି ॥୫୯
ଯୁଗାନ୍ତକାଳେ ମହାଜଳେ । ରାଜାର ତର୍ପଣର କାଳେ ॥୬୦
ରାଜା ତାରଣେ ଦଇତାରି । ମିଳିଲେ ମତ୍ସ୍ୟରୂପ ଧରି ॥୬୧
ଯୁଗ-ବିପ୍ଳବେ ବେଦରାଶି । ଥିଲା ଯେ ମହାଜଳେ ପଶି ॥୬୨
ସେ ବେଦ ସଲିଳୁ ଉଦ୍ଧରି । ମନୁକୁ ଦେଲେ ନରହରି ॥୬୩
ବାସବ-ସମ୍ପଦ ଉଦ୍ଧାରେ । କ୍ଷୀରସମୁଦ୍ର ମନ୍ଥିବାରେ ॥୬୪
ମିଳି ସକଳ ଦେବାସୁର । ସମୁଦ୍ରେ ସ୍ଥାପିଲେ ମନ୍ଦର ॥୬୫
ଅଗାଧଜଳେ ମଧୁହାରୀ । ମିଳିଲେ କୂର୍ମରୂପ ଧରି ॥୬୬
ପୃଷ୍ଠେ ବହିଲେ ଗିରିବର । ମନ୍ଥନ କଲେ ଦେବାସୁର ॥୬୭
ଗିରି-ଘର୍ଷଣ କଣ୍ଡୁ-ସୁଖେ । ନିଦ୍ରାନୟନ ଅଧୋମୁଖେ ॥୬୮
ଦେବଙ୍କ ଭୟ ନାଶିବାରେ । ସେ ନରସିଂହ ରୂପ ଧରେ ॥୬୯
ଭ୍ରମାଇ ଭ୍ରୂକୁଟୀ-କୁଟୀଳ । ଦନ୍ତ-ଶ୍ରୀମୁଖ ବିକରାଳ ॥୭୦
ଗଦା ବୁଲାଇ ଅତି ବେଗେ । ଦୈତ୍ୟ ମିଳିଲା ଆସି ଆଗେ ॥୭୧
ତକ୍ଷଣେ ଉରୁ ମଧ୍ୟେ ଧରି । ନଖାଗ୍ରେ ହିରଣ୍ୟ ବିଦାରି ॥୭୨
ମହାଦୈତ୍ୟକୁ ସଂହାରିଲେ । ସଂସାର ସଙ୍କଟୁ ତାରିଲେ ॥୭୩
ଅଗାଧ-ସରୋବର ମଧ୍ୟେ । କୁମ୍ଭୀର ଗଜରାଜ ପାଦେ ॥୭୪
ଧଇଲା ଅତି ଦୃଢ଼ବଳେ । ହସ୍ତୀର ଚରଣ ନିଶ୍ଚଳେ ॥୭୫
ଚଳି ନ ପାରି ଯୂଥପତି । ଆରତେ ସୁମରେ ଶ୍ରୀପତି ॥୭୬
ହସ୍ତେ କମଳ ଉଚ୍ଚେ ତୋଳି । ନୟନୁ ଅଶ୍ରୁଜଳ ଗଳି ॥୭୭
ଆଦିପୁରୁଷ ଲୋକନାଥ । ତୀର୍ଥ-ପବିତ୍ର ତୋ ଚରିତ ॥୭୮
ଶ୍ରବଣ-ମଙ୍ଗଳ ତୋ ନାମ । ପୁଣ୍ୟପୁରୁଷ ଗୁଣଧାମ ॥୭୯
ସେ ହରି ସ୍ତୁତି ଶୁଣି କର୍ଣ୍ଣେ । ଗଜବିକଳ ଯୋଗଧ୍ୟାନେ ॥୮୦

ମରଣକାଳେ ସୁମରିଲା । ବିଷ୍ଣୁର ସମାଧି ଭାଜିଲା ।।୮୧
ତାର ମହିମା ଅପ୍ରମେୟ । ନିମିତ୍ତେ ବହେ ନାନାଦେହ ।।୮୨
ଦକ୍ଷିଣଭୁଜେ ଚକ୍ର ଧରି । ଗରୁଡ଼-ସ୍କନ୍ଧେ ବିଜେ କରି ।।୮୩
ଚକ୍ର ପ୍ରହାରେ ନକ୍ର ମାରି । ହସ୍ତୀର ହସ୍ତ ହସ୍ତେ ଧରି ।।୮୪
ଜଳୁ ଉଦ୍ଧରି ନାରାୟଣ । ଅନ୍ତର ହୋଇଲେ ତକ୍ଷଣ ।।୮୫
ଅଦିତି-ପୁତ୍ରଙ୍କର ସାନ । ଗୁଣରେ ଜ୍ୟେଷ୍ଠ ସେ ବାମନ ।।୮୬
ତ୍ରିପାଦେ ତିନିଲୋକ ଜିଣି । ସେ ଅଧିଯଜ୍ଞ ନାମ ଭଣି ।।୮୭
ଯେ ଧର୍ମମାର୍ଗେ ନିତ୍ୟେ ଥାନ୍ତି । ଯାଚଞ୍ଜା ବିନା ତା ସମ୍ପତ୍ତି ।।୮୮
ଈଶ୍ୱର ଆଦିତନୁ ଧରି । କେହି ନ ପାରେ ତାହା ହରି ।।୮୯
ସେ ବଳି ଦୃଢ଼ ସତ୍ୟ ମନେ । କୃଷ୍ଣଚରଣ ଆରାଧନେ ।।୯୦
ମନ୍ତ୍ରୀର ବୋଲ ନ ଶୁଣିଲା । ତ୍ରିପାଦ-ଭୂମି ଦାନ ଦେଲା ।।୯୧
ବିଷ୍ଣୁର ପାଦରଜେ ଇଚ୍ଛା । ଇନ୍ଦ୍ରାଦି ପଦେ ନାହିଁ ବାଞ୍ଛା ।।୯୨
ସର୍ବ-ସମ୍ପଦ ଆତ୍ମା ତୁଲେ । ଅର୍ପିଲା ବିଷ୍ଣୁ-ପାଦମୂଳେ ।।୯୩
ତୁ ଯେ ନାରଦ ତାରଅଂଶେ । ଶରୀର ବହୁ ମୋର ବଂଶେ ।।୯୪
ତୁମ୍ଭଙ୍କୁ ଭକ୍ତି ହଂସରୂପେ । କହିଲା ଭକ୍ତ-ତୋଷ ଅର୍ଥେ ।।୯୫
ତହୁଁ ଲଭିଲୁ ଦିବ୍ୟଜ୍ଞାନ । ଯେ ଯୋଗୀଗଣେ ବିଦ୍ୟମାନ ।।୯୬
ଯେ ଜ୍ଞାନେ କୃଷ୍ଣର ଚରଣ । ସୁଖେଣ ପଶନ୍ତି ଶରଣ ।।୯୭
ସେ ମନ୍ୱନ୍ତରେ ମନୁବଂଶେ । ସ୍ୱତେଜେ ଚକ୍ରବର୍ତ୍ତୀ ଅଂଶେ ।।୯୮
ଦୁଷ୍ଟରାଜାଙ୍କୁ ଦଶଦିଗେ । ଜିଣି ସ୍ଥାପିଲା ସାଧୁମାର୍ଗେ ।।୯୯
ତ୍ରିଲୋକ ପରେ ସତ୍ୟଲୋକେ । କୀର୍ତ୍ତି ବିସ୍ତାରି କଉତୁକେ ।।୧୦୦
ସେ ଧନ୍ୱନ୍ତରୀ ରୂପ ଧରି । ବ୍ରହ୍ମାଣ୍ଡ ମଧ୍ୟେ ଅବତରି ।।୧୦୧
ହରିଲା ପ୍ରାଣୀଙ୍କର ବ୍ୟାଧି । ଭିଆଇ ମନ୍ତ୍ର-ମଉଷଧି ।।୧୦୨
ଯଜ୍ଞେ ସ୍ୱଭାଗ ଭୋଗକଲା । ପ୍ରାଣୀଙ୍କି ଆୟୁର୍ବେଦ ଦେଲା ।।୧୦୩
ବ୍ରାହ୍ମଣବଧ ଦେଖି କୋପେ । ସେ ପୁଣି ପର୍ଶୁରାମ ରୂପେ ।।୧୦୪
ପରଶୁ ଦକ୍ଷଭୁଜେ ଧରି । ଅବନୀ ପର୍ଯ୍ୟଟନ କରି ।।୧୦୫
କ୍ଷତ୍ରିୟ-ରୁଧିର ତର୍ପଣେ । ତୋଷିଲା ନିଜ ପିତୃଗଣେ ।।୧୦୬
ମୋର ବଚନେ ଦଇତାରି । ଇକ୍ଷ୍ୱାକୁବଂଶେ ଅବତରି ।।୧୦୭

ପିତା ବଚନେ ଗଲା ବନ । ସ୍ୱପତ୍ନୀ ସହିତେ ଲକ୍ଷ୍ମଣ ।।୧୦୮
ସୀତା ରାବଣ ନେଲା ହରି । ସେ କୋପେ ତାର ବଂଶ ମାରି ।।୧୦୯
ବିଭୀଷଣଙ୍କୁ ଲଙ୍କା ଦେଲେ । ଦେବଙ୍କ ଭୟ ନିବାରିଲେ ।।୧୧୦
ତ୍ରିପୁରବଧେ ଯେହ୍ନେ ହର । ସେ ରୂପେ ତେଜ ରଘୁବୀର ।।୧୧୧
ସେ ତେଜେ ଉରଗ ମକର । ନକ୍ରସମୂହ ଥରହର ।।୧୧୨
ଜଳଧି ତାରେ ଭୟକରି । ତାହାର ନିଜରୂପ ଧରି ।।୧୧୩
ଚରଣେ ଶରଣ ପଶିଲା । ଲଙ୍କାଗମନେ ମାର୍ଗ ଦେଲା ।।୧୧୪
ଦିଗବିଜୟେ ଲଙ୍କାପତି । ଅଇରାବତ ନାମେ ହସ୍ତୀ ।।୧୧୫
ତାହାର ସଙ୍ଗେ ବାଦ କରି । ଉରସ୍ସରଶେ ଦନ୍ତ ଚୂରି ।।୧୧୬
ଦେଖି ଭାଜିଲା ଗଜଶ୍ରେଷ୍ଠ । ରାବଣ ସଙ୍ଗେ କାହିଁ ହଟ ।।୧୧୭
ସେହି ରାବଣଦର୍ପ ରଣେ । ଶ୍ରୀରାମ ସଂହାରିଲେ ବାଣେ ।।୧୧୮
ଭୂମିର ଭାରା ନିବାରଣେ । କ୍ଷୀରସମୁଦ୍ରେ ଦେବଗଣେ ।।୧୧୯
ଈଶ୍ୱର ସଙ୍ଗେ ଦେବବଳେ । ନମିଲେ ଚରଣକମଳେ ।।୧୨୦
ଅନେକ ମତେ ସ୍ତୁତି ଭଣି । ବିଷ୍ଣୁ ସନ୍ତୋଷ ତାହାଶୁଣି ।।୧୨୧
ସନ୍ତୋଷେ ଶୁକ୍ଳକୃଷ୍ଣକେଶ । ଜଂଘୁ ଉପାଡ଼ି ହୃଷୀକେଶ ।।୧୨୨
ସେ ବେନିରୋମ ମହୀତଳେ । ଜନ୍ମି ଅସୁର ସଂହାରିଲେ ।।୧୨୩
ହରିଲେ ଅବନୀର ଭାର । ମହାମହିମା ଚକ୍ରଧର ।।୧୨୪
ତିନିଦିବସେ ନାରାୟଣ । ଶୋଷିଲେ ପୂତନାର ପ୍ରାଣ ।।୧୨୫
ମାସକେ ନନ୍ଦଗୃହେ ହରି । ପାଦେ ଶକଟା ଚୂର କରି ।।୧୨୬
ଦଧିମନ୍ଥନ କାଳେ ଧରି । ରୋଳେ ବାନ୍ଧିଲା ନନ୍ଦନାରୀ ।।୧୨୭
ସେ ରୋଳ ସଙ୍ଗେ ନନ୍ଦବଳା । ବେନିଅର୍ଜ୍ଜୁନ ମଧ୍ୟେଗଲା ।।୧୨୮
ଅତି ଉସ୍ବର୍ଗ ବେନିବୃକ୍ଷେ । ଉପୁଡ଼ି ପଡ଼ିଲେ ପ୍ରତ୍ୟକ୍ଷେ ।।୧୨୯
ସେ ପୁଣି ଗୋବତ୍ସ ରକ୍ଷଣେ । କାଳିନ୍ଦୀତଟେ ବୃନ୍ଦାବନେ ।।୧୩୦
ବତ୍ସା-ବାଳକ ବିଷଜଳେ । ପଶିଲେ ତୃଷାର ବିକଳେ ।।୧୩୧
ସକଳେ କଲେ ଜଳପାନ । ତକ୍ଷଣେ ହାରିଲେ ଜୀବନ ।।୧୩୨
ଅଦ୍‌ଭୁତ ଦେଖି ଭାବଗ୍ରାହୀ । ଅମୃତନୟନେ ଅନାଇ ।।୧୩୩
ତାହାଙ୍କୁ ଜୀବଦାନ ଦେଲେ । ସେ ଜଳେ ସର୍ପକୁ ଦେଖିଲେ ।।୧୩୪

ଜିହା ଚଞ୍ଚଳ ବିଷ ବଳେ । ବିହାର କାଳିନ୍ଦୀର ଜଳେ ॥୧୩୫
ଦୂରେ ନିବେଶି ନାଗବଳ । ଅମୃତ କଲେ ବିଷଜଳ ॥୧୩୬
ଜନ୍ତୁଙ୍କୁ କରାଇଲେ ପାନ । ଅଦ୍‌ଭୁତଗତି ଭଗବାନ ॥୧୩୭
ଅମ୍ବିକାବନେ ଗୋପଜନେ । ଶୟନେ ନିଶିଅର୍ଦ୍ଧମାନେ ॥୧୩୮
ଅଗ୍ନି ବେଢ଼ିଲା ବେଗେ ଆସି । ପ୍ରଳୟାନଳ ପ୍ରାୟ ଦିଶି ॥୧୩୯
ଅନଳ ଦେଖି ନନ୍ଦବଳା । ବଦନ ଲୁଚାଅ-ବୋଇଲା ॥୧୪୦
ଡରେ ଲୁଚାଇଲେ ମଦନ । ଗୋବିନ୍ଦ କଲେ ଅଗ୍ନିପାନ ॥୧୪୧
ବାନ୍ଧିବା ପାଇଁ ଡୋର ଆଣି । ଯେତେ ଯୋଖିଲା ନନ୍ଦରାଣୀ ॥୧୪୨
ବାନ୍ଧି ନ ପାରେ ନନ୍ଦନାରୀ । ମହାମହିମ ନରହରି ॥୧୪୩
ମାତାର କୋଳେ ବସିଥିଲା । ଜୃମ୍ଭଣେ ମୁଖ ବିସ୍ତାରିଲା ॥୧୪୪
ଗୋପୀ ଚାହିଁଲେ ତା ବଦନ । ଉଦରେ ଅଶେଷ-ଭୁବନ ॥୧୪୫
ଐଶ୍ୱର୍ଯ୍ୟଲୀଳା ତାର ଦେହୀ । ଦେଖି ଶଙ୍କିତମନ ହୋଇ ॥୧୪୬
ବରୁଣପୁରୁ ଦଇତାରି । ନନ୍ଦକୁ ବନ୍ଦୀମୋକ୍ଷ କରି ॥୧୪୭
ବରୁଣପୁରୁ ଯେତେବଳେ । ନନ୍ଦକୁ ଆଣିଲେ ଗୋକୁଳେ ॥୧୪୮
ଗୋପାଳେ ବରୁଣଭୁବନ । ଦେଖିବେ ବୋଲି କଲେ ମନ ॥୧୪୯
ତାହାଙ୍କୁ ନିଦ୍ରାକାଳେ ନେଇ । ବରୁଣଭୁବନ ଦେଖାଇ ॥୧୫୦
ପୁଣି ମାୟାରେ ଭଗବାନ । ଦେଖାଇ ଆପଣା ଭୁବନ ॥୧୫୧
ସେ ପୁଣି ବଳଦେବ ସଙ୍ଗେ । ବନେ ଖେଳନ୍ତି ନାନାରଙ୍ଗେ ॥୧୫୨
ବ୍ୟୋମଅସୁର ମାୟା କଲା । ଗୋପାଳପୁଅଙ୍କୁ ହରିଲା ॥୧୫୩
ଗିରିକ୍ରୋଟରେ ନେଇ ଥୋଇ । ଦ୍ୱାରରୁନ୍ଧିଲା ଶିଳା ଦେଇ ॥୧୫୪
ତାହା ଜାଣିଲେ ଚକ୍ରପାଣି । ବନ୍ଦୀରୁ ଗୋପସୁତ ଆଣି ॥୧୫୫
ଅସୁରଜୀବନ ହରିଲେ । ପୁଣି ଅଦ୍‌ଭୁତକର୍ମ କଲେ ॥୧୫୬
ଗୋପାଳେ ନନ୍ଦଗୋପ ମେଳେ । ଇନ୍ଦ୍ର-ଉତ୍ସବ-ଯଜ୍ଞ କାଳେ ॥୧୫୭
ଗୋବିନ୍ଦ ବୋଲେ ଯଜ୍ଞ ଭାଙ୍ଗି । ପର୍ବତ-ଗୋବର୍ଦ୍ଧନ ପୂଜି ॥୧୫୮
ମେଘ-ପବନ ଘେନି ସଙ୍ଗେ । ଇନ୍ଦ୍ର ମିଳିଲା ଗୋପେ ବେଗେ ॥୧୫୯
ଇନ୍ଦ୍ରବରଷେ କୋପ କରି । ପ୍ରଳୟକାଳେ ଯେହ୍ନେ ବାରି ॥୧୬୦
ତା ଦେଖି କୃଷ୍ଣ ଦୟାଚିତ୍ତେ । ଗୋରୁଗୋପାଳ ରକ୍ଷାଅର୍ଥେ ॥୧୬୧

ସପତ-ବରଷ-କୁମର । ହସ୍ତେ ଉପାଡ଼ି ଗିରିବର ॥୧୬୨
ଛତ୍ର ପରାଏ ବାମକରେ । ତୋଳିଲା ଅଙ୍ଗୁଳି ଅଗ୍ରରେ ॥୧୬୩
ସପତଦିନ ବରଷିଲା । କୃଷ୍ଣର କରେ ଗିରି ଥିଲା ॥୧୬୪
ଭୟେ ଚିନ୍ତିଣ ସୁରରାୟେ । ଶରଣଗଲା କୃଷ୍ଣପାୟେ ॥୧୬୫
ଆସି ସୁରଭୀ ଘେନି ସଙ୍ଗେ । ପୂଜିଲା କୃଷ୍ଣପାଦଯୁଗେ ॥୧୬୬
ଗୋବିନ୍ଦ ନାମ ଦେଇଗଲା । ସନ୍ତୋଷେ ପୁରେ ପ୍ରବେଶିଲା ॥୧୬୭
ପୁଣି ଶରଦଋତୁ କାଳେ । ଗୋବିନ୍ଦ ଯୋଗମାୟା ବଳେ ॥୧୬୮
ରାତ୍ରେ ଶଶାଙ୍କରଶ୍ମିଜାଳେ । ରାସଉତ୍ସବ ଗୋପୀମେଳେ ॥୧୬୯
ମଧୁର-ବେଣୁନାଦ-ଗୀତେ । ମନମୋହିଲେ ବାମା ଯେତେ ॥୧୭୦
ଅନଙ୍ଗମୋହେ ବ୍ରଜନାରୀ । ଗୋବିନ୍ଦ ସଙ୍ଗେ କ୍ରୀଡ଼ା କରି ॥୧୭୧
ଶୁଣି କୃଷ୍ଣର ବେଣୁସ୍ୱନ । ମିଳିଲା କୁବେରନନ୍ଦନ ॥୧୭୨
ଗୋପୀଙ୍କି ହରିବାର ଆଶେ । ଲୁଚି ବସିଲା ବନଦେଶେ ॥୧୭୩
ତାହାକୁ ଧରି ବେଣୁଧର । କରପ୍ରହାରେ ଛେଦିଶିର ॥୧୭୪
ମଣି ହରିଲେ ତାର ଶିରୁ । ଅଶେଷଜନପିତାଗୁରୁ ॥୧୭୫
ପ୍ରଳମ୍ବା ଖର ବକାସୁର । କେଶୀ ଧେନୁକା ଷଣ୍ଢାବୀର ॥୧୭୬
ମୁଷ୍ଟିକମଲ୍ଲ କୁବଳୟା । କଂସ ଯବନ ଘୋରମାୟା ॥୧୭୭
ନାରକା ସାଲ୍ୱ ପୁଣ୍ଡରୀକ । କପି ବଲ୍ୱଳ ଦନ୍ତବକ୍ର ॥୧୭୮
ସପତଷଣ୍ଢ ବିଦୂରଥ । ସମ୍ବର ରୁକ୍ମିଣୀର ଭ୍ରାତ ॥୧୭୯
କାମ୍ବୋଜ ମତ୍ସ୍ୟ କୁରୁବୀରେ । ସୃଞ୍ଜୟ କେକୟ ଅପରେ ॥୧୮୦
ଏହାଙ୍କୁ ସଂଗ୍ରାମେ ନିବାରି । ଭୀମ ଅର୍ଜୁନ ସଙ୍ଗେ କରି ॥୧୮୧
ପରମପଦେ ଦେଲେ ସ୍ଥାନ । ମାୟା-ମନୁଷ୍ୟ-ଭଗବାନ ॥୧୮୨
କଳିପ୍ରବେଶ କାଳବଳେ । ପ୍ରାଣୀଏ ଚେତନା-ଚଞ୍ଚଳେ ॥୧୮୩
ଭାରତୀ ନ ପାରନ୍ତି ଧରି । ଅଳ୍ପଆୟୁଷ ଦେଖି ହରି ॥୧୮୪
ଜନ୍ମିଲେ ବ୍ୟାସ ରୂପ ଧରି । ଅଶେଷ-ଶ୍ରୁତିଶାସ୍ତ୍ର କରି ॥୧୮୫
ବେଦଦ୍ରୁମକୁ ଶାଖା କଲେ । ଏକୁ ଅନେକ ବୁଦ୍ଧିବଳେ ॥୧୮୬
ଅସୁରେ ରହି ବେଦମାର୍ଗେ । ମାୟାଭିମାନେ କଳିଯୁଗେ ॥୧୮୭
ମୟଦଇତର ସଙ୍ଗତେ । ଦୃଶ୍ୟ-ଅଦୃଶ୍ୟ ବେନିପଥେ ॥୧୮୮

ସେକଥା ଜାଣି ଜଗନ୍ନାଥେ । ବୁଦ୍ଧାବତାରେ ଜନହିତେ ॥୧୮୯
କପଟ-ମାୟା-ମୋହବଶେ । ପାଷାଣ୍ଡମାର୍ଗ ଉପଦେଶେ ॥୧୯୦
ଅନେକ ଦୁର୍ଗତି ହରିବେ । ସୁଜନଜନଙ୍କୁ ରଖିବେ ॥୧୯୧
ପୁଣି ଏ କଳିଯୁଗ ଅନ୍ତେ । ସୁଧୁଜନଙ୍କ ଗୃହଗତେ ॥୧୯୨
କୃଷ୍ଣ-ସ୍ମରଣ-ଗୁଣଗାଥା । ନୋହିବ ଯେବେ ହରିକଥା ॥୧୯୩
ଦ୍ୱିଜେ ପାଷଣ୍ଡ ଆଚରିବେ । ସେ ପଞ୍ଚଯଜ୍ଞ ନ କରିବେ ॥୧୯୪
ରାଜା ହୋଇବେ ଶୂଦ୍ରଜନେ । ପ୍ରଜା ପୀଡ଼ିବେ କର-ଧନେ ॥୧୯୫
ଯେ ସ୍ୱାହା ସ୍ୱଧା ବଷଟ୍‌କାର । ଛାଡ଼ି କରିବେ ଦୁରାଚାର ॥୧୯୬
ଏ କର୍ମ ଦେଖି କଲ୍‌କୀ ରୂପେ । ଅଶ୍ୱ ଆରୋହି ମହାକୋପେ ॥୧୯୭
ଖଡ଼୍‌ଗ ଉଭାରି ବେନିହସ୍ତେ । ଶେଷେ ସ୍ଥାପିବେ ଧର୍ମପଥେ ॥୧୯୮
ସର୍ଜନେ ମୁହିଁ ଋଷି ନବ । ପ୍ରଜାପତିଏ ତପଭାବ ॥୧୯୯
ସ୍ଥିତିରେ ଧର୍ମ ମନୁଗଣ । ଯଜ୍ଞସ୍ୱରୂପ ବିଷ୍ଣୁ ପଣ ॥୨୦୦
ଅମରଗଣ ରାଜାଗଣ । ସଂହାରେ ଅଧର୍ମ କାରଣ ॥୨୦୧
ଯେ ହର ହରେ ତିନିପୁର । ଉରଗ ଆଦି ଯେ ଅସୁର ॥୨୦୨
ଅନନ୍ତ ଶକ୍ତି ଦାମୋଦର । ଏ ସର୍ବ ବିଭୂତି ତାହାର ॥୨୦୩
ଯେଣୁ ସେ ମାୟାରୂପ ଧରେ । କଳ୍ପକଳ୍ପାନ୍ତେ ସୃଷ୍ଟି କରେ ॥୨୦୪
ଯେ ବିଷ୍ଣୁ-ନାଭି-ଜାତ-ପାଦ । ଆବୋରି ଭୁବନ ଚଉଦ ॥୨୦୫
ଯା ବେଗେ ପ୍ରକୃତି କମ୍ପିଲା । ନିଜ ବିକ୍ରମେ ଯେ ଧଇଲା ॥୨୦୬
ସେ ବିଷ୍ଣୁ-ମହିମା ସଂସାରେ । କେ ଗଣି ସଂଖ୍ୟା କରିପାରେ ॥୨୦୭
ଯେ କବି ଭୂମି ରେଣୁ ଗଣି । ସେ କି ପାରିବ ପରିମାଣି ॥୨୦୮
ତାହାର ମାୟାବଳ ଗତି । ତା ଅନ୍ତ କେହି ନ ଜାଣନ୍ତି ॥୨୦୯
ତୋର ଅଗ୍ରଜ ମୁନି ଶାନ୍ତ । ସେ କାହିଁ ଜାଣିବେ ତଦନ୍ତ ॥୨୧୦
ବ୍ରହ୍ମା ଶଙ୍କର ନ ପ୍ରମାଣେ । ଅପରେ କେବା ତାହା ଜାଣେ ॥୨୧୧
ବାସୁକି ଅୟୁତବଦନେ । ସମର୍ଥ ନୋହେ ଗୁଣଗାନେ ॥୨୧୨
ଯାହାରେ ହରି ଦୟାକରେ । ସେ ଯେବେ ନିଷ୍କପଟେ ଧରେ ॥୨୧୩
ଦୁସ୍ତର-ମାୟା ସେ ତରନ୍ତି । ଦୁଃଖେ ସଙ୍କଟେ ନ ପଡ଼ନ୍ତି ॥୨୧୪
ଶ୍ୱାନ-ଶୃଗାଳ-ଭକ୍ଷ ଦେହେ । ଏ ମୋର ବୋଲି ଜ୍ଞାନ ନୋହେ ॥୨୧୫

ଏବେ ନାରଦ ଶୁଣ ଧୀରେ । ଯେବା ତରିଲେ ମାୟାଘୋରେ ॥୨୧୬
ତା ମାୟା ଚିତ୍ତେ ଜାଣି ଭଲେ । ଯେ ଏ ସଂସାରୁ ତରିଗଲେ ॥୨୧୭
ମୁହିଁ ଜାଣଇ ମାୟା ତାର । ତୁମ୍ଭେ ସନକାଦି ଶଙ୍କର ॥୨୧୮
ପ୍ରହ୍ଲାଦ ଜାଣେ ଅନ୍ତର୍ଗତେ । ମନୁ ଯେ କୁଟୁମ୍ବ ସହିତେ ॥୨୧୯
ପ୍ରାଚୀନବାର୍ହି ଋଭୁ ଅଙ୍ଗ । ଧ୍ରୁବ ଇକ୍ଷ୍ୱାକୁ ମୁଚୁକୁନ୍ଦ ॥୨୨୦
ବିଦେହ ସୌମ୍ୟସୁତ ଗାଧି । ରଘୁ ଅମ୍ବରୀଶ ସୁବୁଦ୍ଧି ॥୨୨୧
ଗୟ ନହୁଷ ଆଦି ଯେତେ । ଶୁଣ ନାରଦ କହୁଁ ତୋତେ ॥୨୨୨
ମାନ୍ଧାତାଳର୍କ ଶତଧନୁ । ରନ୍ତିଦେବ ଯେ ଗଙ୍ଗାସୂନୁ ॥୨୨୩
ଅମୂର୍ତ୍ତରୟ ଯେ ସୌଭରି । ଦିଲୀପ ଉତ୍ତଙ୍କ ଯେ ବଳୀ ॥୨୨୪
ଶିବି ଦେବଳ ପିପ୍‌ପଳାଦ । ସାରସ୍ୱତ ସଙ୍ଗେ ଉଦ୍ଧବ ॥୨୨୫
ଯେ ପରାଶର ଭୂରିଷେଣ । ରାବଣଭ୍ରାତ ହନୁମାନ ॥୨୨୬
ଶୁକ ଯେ ଉପଇନ୍ଦ୍ର ଦତ୍ତ । ବିଦୁର ଆର୍ଷ୍ଟିଷେଣ ପାର୍ଥ ॥୨୨୭
ବ୍ରାହ୍ମଣ ଶ୍ରୁତଦେବ ତୁଲେ । ବିଷ୍ଣୁମାୟାରୁ ତରିଗଲେ ॥୨୨୮
ହୂଣ ଯବନ ଶୂଦ୍ର ସ୍ତିରୀ । ଶବର ତୁଲେ ଗଲେ ତରି ॥୨୨୯
କୃଷ୍ଣର ରୂପେ ମନ ଯାର । କିବା କହିବା ଗତି ତାର ॥୨୩୦
ଅଦ୍‌ଭୁତକର୍ମ ଯେ ତାହାର । ଯେ ଭାବେ ନାହିଁ ପରାପର ॥୨୩୧
ତା ଭକ୍ତିଶିକ୍ଷା ଅଟେ ଯାର । ସେହୁ ତରନ୍ତି ମାୟାଘୋର ॥୨୩୨
ନିତ୍ୟ ପ୍ରଶାନ୍ତ ସେ ନିର୍ଭୟ । ପ୍ରବୋଧ ମାତ୍ର ଯାର ଦେହ ॥୨୩୩
ସେ ଶୁଦ୍ଧ ସର୍ବଘଟେ ସମ । ରୂପ-ଅରୂପ ପରଧାମ ॥୨୩୪
ଶବ୍ଦ ନ ପାରେ ଯାହା କହି । ଅନେକ କ୍ରିୟାଯୋଗ ବହି ॥୨୩୫
ଯାର ସମ୍ମୁଖେ ଭଗବତୀ । ଲାଜେ ପଳାଇ ଶିରପୋତି ॥୨୩୬
ଯେ ବ୍ରହ୍ମଜ୍ଞାନୀ ମୁନିଗଣେ । ଯାହା ସ୍ମରନ୍ତି ଅନୁକ୍ଷଣେ ॥୨୩୭
ନିଜସ୍ୱରୂପ ତାର ଚିନ୍ତି । ପରମପୁରୁଷ ବୋଲାନ୍ତି ॥୨୩୮
ଅଜରାମର ଯେ ବିଶୋକ । ନାହିଁ ଯାହାର ରୂପରେଖ ॥୨୩୯
ଯାହାର ମନ ଦୃଢ଼ଚିତ୍ତେ । କୃଷ୍ଣବିଷୟେ ଅବିରତେ ॥୨୪୦
ଭାବି ଛାଡ଼ଇ ସର୍ବତାପ । ଇନ୍ଦ୍ର ନ ଖୋଳେ ଯେହ୍ନେ କୂପ ॥୨୪୧
ସେ ହରି କଇବଲ୍ୟନାଥ । ଭାବ ସ୍ୱଭାବ ଏ ଜଗତ ॥୨୪୨

କରାଏ ସର୍ବଦେହେ ବସି । ଶମାଦି ସ୍ୱଭାବ ପ୍ରକାଶି ॥୨୪୩
ଦେହ-ବିଯୋଗ କାଳେ ଦେହୀ । ଗଗନପ୍ରାୟେ ଶୂନ୍ୟେ ରହି ॥୨୪୪
ତେଣେ ତାହାର ସଙ୍ଗ ନାହିଁ । ଜନମ ମୃତ୍ୟୁ ତାର କାହିଁ ॥୨୪୫
ହେ ପୁତ୍ର କହିଲି ମୁଁ ତୋତେ । ହରିମହିମା ଭାବି ଚିତ୍ତେ ॥୨୪୬
ସତ ଅସତ ରୂପ ସେହି । ଅଶେଷ ମାୟାରୂପ ବହି ॥୨୪୭
କରଇ ଆତ୍ମା ଖେଳାଲୀଳା । ତାର ଚରିତ ଭବଭେଳା ॥୨୪୮
ଏ ଭାଗବତଧର୍ମ ଯେତେ । ଗୋବିନ୍ଦ କହିଥିଲେ ମୋତେ ॥୨୪୯
ଏ ସର୍ବ ସଂଗ୍ରହର ମୂଳ । ଅଶେଷ ଧର୍ମ ଯଜ୍ଞଫଳ ॥୨୫୦
ଲୀଳା ବିସ୍ତାରି କହ ମୁଖେ । ସୁଜନଜନଙ୍କର ସୁଖେ ॥୨୫୧
ଯେମନ୍ତେ ପ୍ରାଣୀଙ୍କର ଚିତ୍ତେ । କୃଷ୍ଣବିଷୟ ଅବିରତେ ॥୨୫୨
ଯେମନ୍ତେ ନାଶେ ଶୋକମୋହ । ଇତି ସଙ୍କ୍ଷି ତାତ କହ ॥୨୫୩
ବର୍ଣ୍ଣିଲି ଈଶ୍ୱରର ମାୟା । ଯେ ଶୁଣେ ତରେ ତାର କାୟା ॥୨୫୪
ମାୟା ନ ଲାଗେ ତାର ଚିତ୍ତେ । ଯେ ମୁଖେ ଗୁଣେ ଅବିରତେ ॥୨୫୫
ଏମନ୍ତ ଭାଗବତବାଣୀ । ନାରଦ ବ୍ରହ୍ମାମୁଖୁ ଶୁଣି ॥୨୫୬
ମନଆନନ୍ଦେ କୃତକୃତ୍ୟ । କହଇ ଦାସ ଜଗନ୍ନାଥ ॥୨୫୭

ଇତି ଶ୍ରୀମଦ୍‌ଭାଗବତେ ମହାପୁରାଣେ ପାରମହଂସ୍ୟାଂ ସଂହିତାୟାଂ
ଦ୍ୱିତୀୟସ୍କନ୍ଧେ ବ୍ରହ୍ମାନାରଦସମ୍ବାଦେ
ସପ୍ତମୋଽଧ୍ୟାୟ ।

●

ଅଷ୍ଟମ ଅଧ୍ୟାୟ

ଶୁକଚରଣେ ଦେଇ ଚିତ୍ତ । ଆନନ୍ଦେ ବୋଲେ ପରୀକ୍ଷିତ ॥୧

ପରୀକ୍ଷିତ ଉବାଚ

ନାରଦ ଆଗେ ବ୍ରହ୍ମା ଯେତେ । ବିଷ୍ଣୁମହିମା ଭାଗବତେ ॥୨
କହିଲେ ଜନ ଉପକାରେ । ଯେ କଥା ଶୁଣି ପ୍ରାଣୀ ତରେ ॥୩
ଯେ ସ୍ଥାନେ ଯାହାକୁ ଯେ ଭାବେ । ମୁନି କହିଲେ ହରିଭାବେ ॥୪
ତାହା ଶ୍ରବଣେ ଇଚ୍ଛା ମୋର । ତୁମ୍ଭେ ତତ୍ତ୍ୱଜ୍ଞ ମଧ୍ୟେ ବର ॥୫
ହରିମହିମା ଅଗୋଚର । ଶ୍ରବଣ-ମଙ୍ଗଳ-ଉଚ୍ଚାର ॥୬
ସେ କଥା କହ ମୁନି ମୋତେ । ସେ ହରିଚରଣେ ଯେମନ୍ତେ ॥୭
ନିଶ୍ଚଳେ ମନ କରି ସ୍ଥିର । ଯେମନ୍ତେ ଛାଡ଼ିବି ଶରୀର ॥୮
ଶ୍ରଦ୍ଧାରେ ନିତ୍ୟେ ଯେବା ଶୁଣେ । ଯେ ହରିକଥା ମନେ ଗୁଣେ ॥୯
ମଙ୍ଗଳ-ନାମ-ଉଚ୍ଚାରଣ । ତାର ହୃଦୟେ ତତକ୍ଷଣ ॥୧୦
ଶ୍ରବଣମାର୍ଗେ ହରି ପଶେ । ହୃଦୟପଦ୍ମେ ସ୍ଥିରେ ବସେ ॥୧୧
ସର୍ବ ଦୁରିତ ହେଳେ ନାଶେ । ଶରଦ ଯେହ୍ନେ ବୃଷ୍ଟିଶେଷେ ॥୧୨
ଜଳୁ ହରଇ ମଳରାଶି । ସେ ଯେହ୍ନେ ନିର୍ମଳ ପ୍ରକାଶି ॥୧୩
ନିର୍ମଳ ଆତ୍ମା ତାର ହୋଇ । ସେ କୃଷ୍ଣ-ପାଦମୂଳେ ଥାଇ ॥୧୪
କେବେହେଁ ନୁହଇ ବାହାର । ମାୟା-ଭ୍ରମଣ ହୋଏ ଦୂର ॥୧୫
ପଥିକ ପଥଶ୍ରମ ପାଇ । ସେ ଯେହ୍ନେ ନିଜଗୃହେ ଯାଇ ॥୧୬
ଶ୍ରମ ପାଶୋରି ସୁଖେ ରହେ । ଗୃହସମ୍ପଦ-ଭୋଗେ ଦେହେ ॥୧୭
ଅଧାତୁମନ୍ତ-ଆତ୍ମା ହୋଏ । ଧାତୁଘଟଣ ଦେହ ବହେ ॥୧୮
ଜାଣୁ ତୁ କହ ଏ କେମନ୍ତେ । କି ବା ଏ କାଳକ୍ରମ ମତେ ॥୧୯
ଯାର ଉଦରୁ ପଦ୍ମ ହୋଇ । ଲୋକ-ସଂସ୍ଥାନ ପ୍ରକାଶଇ ॥୨୦
ଯା ରୂପ ନ ଜାଣନ୍ତି କେହି । ପ୍ରକାଶେ ଅବୟବ-ଦେହୀ ॥୨୧
ସେ ଯେବେ ଅବୟବୀ ହୋଇ । ଜୀବ ଈଶ୍ୱର ଭେଦ କାହିଁ ॥୨୨
ସ୍ୱଭାବେ ତାର ଜନ୍ମ ନାହିଁ । ଆତ୍ମାରୁ ପ୍ରାଣୀଙ୍କି ସୃଜଇ ॥୨୩
ବ୍ରହ୍ମା ଯେ ଭୂତଆତ୍ମା ହୋଏ । ସେ ପୁଣି ଯାର ଅନୁଗ୍ରହେବ ॥୨୪
ନାଭିକମଳୁ ହୋଇ ଜାତ । ତାହାକୁ ଦେଖେ ରୂପବନ୍ତ ॥୨୫
କାଳର ବଳେ ସେ ପୁରୁଷ । କରଇ ସୃଷ୍ଟି-ସ୍ଥିତି-ନାଶ ॥୨୬
ସକଳଭୂତେ ଯାର ବାସ । ସେ ଯେଉଁ ରୂପେଣ ପ୍ରକାଶ ॥୨୭

ଏ ଲୋକ ଲୋକପାଳ ସଙ୍ଗେ । ସର୍ବକଳ୍ପିତ ତାର ଅଙ୍ଗେ ।।୨୮
ଏ ଯେତେ ଚତୁର୍ଦ୍ଦଶ ପୁର । କଳ୍ପନା କରି ଅଙ୍ଗ ତାର ।।୨୯
ଏ ଭାବେ ଶୁଣିଲି ଯେ ମୁହିଁ । ଏବେ ତୁମ୍ଭଙ୍କୁ ପଚାରଇ ।।୩୦
କଳ୍ପ-ବିକଳ୍ପ ଯଥାକାଳେ । ସେ ବ୍ରହ୍ମ କରେ ଅବହେଳେ ।।୩୧
ସୃଷ୍ଟି-ପାଳଣ-ସଂହାରଣ । ଭୂତ-ଭବିଷ୍ୟ-ବର୍ତ୍ତମାନ ।।୩୨
କାଳର ଠାରୁ ଏ ଯେମନ୍ତେ । ଆୟୁ ପ୍ରମାଣ କାର କେତେ ।।୩୩
କାଳର ଯେବା ଅନୁଗତି । ଅଳ୍ପ ବହୁତ ସଂଖ୍ୟା ସ୍ଥିତି ।।୩୪
କର୍ମର ଗତି ଅବା ଯେତେ । ଯେ ହେତୁ ପ୍ରକାଶ ଯେମନ୍ତେ ।।୩୫
ଗୁଣଙ୍କ ପରିଣାମେ କେବା । ଦେବାଦି-ରୂପ ଇଚ୍ଛେ ଯେବା ।।୩୬
କି କର୍ମ କରି ଯହିଁ ତହିଁ । କି ଭାବେ ଜୀବ ତା ଭୁଞ୍ଜଇ ।।୩୭
ଭୂମି ପାତାଳ ଦଶଦିଶ । ଯେ ରୂପେ ସମ୍ଭବେ ଆକାଶ ।।୩୮
ଗ୍ରହ ନକ୍ଷତ୍ର ମହୀଧର । ନଦୀ ସମୁଦ୍ର ଦ୍ୱୀପପାର ।।୩୯
ଏଥି ଆଶ୍ରିତ ଜନ୍ତୁ ଯେତେ । ବ୍ରହ୍ମାଣ୍ଡ ପ୍ରମାଣ ବା କେତେ ।।୪୦
ବାହ୍ୟ ଅନ୍ତରେ ବସ୍ତୁ ଯେତେ । ସଂକ୍ଷେପି କହ ମୋ ଅଗ୍ରତେ ।।୪୧
ମହାନ୍ତଜନ-ଆଚରଣ । ଯେ ବର୍ଣ୍ଣବିଭାଗ ଆଶ୍ରମ ।।୪୨
ଏ ଅଣ୍ଡକୋଷ ମଧ୍ୟଗତେ । ବିଷ୍ଣୁର ଅବତାର ଯେତେ ।।୪୩
ଯୁଗାନୁଯୁଗେ ଯୁଗମାନ । ଯେ ଯୁଗେ ଯେବା ଧର୍ମଜ୍ଞାନ ।।୪୪
ମନୁଷ୍ୟ ସାଧାରଣଧର୍ମ । ଯେବା ବିଶେଷ ଯଥାକ୍ରମ ।।୪୫
ବ୍ରହ୍ମରଷିଙ୍କ ଧର୍ମ ଆଦି । ଯା ରାଜରଷି ଏ ସମ୍ବାଦି ।।୪୬
ଆପଦେ ଧର୍ମ ପ୍ରାଣୀଙ୍କର । ଏ ସର୍ବ କହ ମୁନିବର ।।୪୭
ସଂଖ୍ୟା-ଲକ୍ଷଣ ତତ୍ତ୍ୱଙ୍କର । କି ରୂପେ ହେତୁ କେ କାହାର ।।୪୮
ପୁରୁଷ-ଆରାଧନା-ବିଧି । ଅଷ୍ଟାଙ୍ଗଯୋଗ ଯେହ୍ନେ ସାଧି ।।୪୯
ଯୋଗେଶ୍ୱରଙ୍କ ଗତି ଯେତେ । ଲିଙ୍ଗଭଗନ ମୋକ୍ଷପଥେ ।।୫୦
ଯେ ଧର୍ମ ବେଦ-ଉପବେଦେ । ପୁରାଣ-ଇତିହାସବାଦେ ।।୫୧
ସର୍ବଭୂତଙ୍କ ଯେ ସମ୍ଭବ । ବିକ୍ରମ ସଙ୍କ୍ରମ ପ୍ରସ୍ତାବ ।।୫୨
ଯେ ଇଷ୍ଟ ବଇଦିକର୍ମ । ଯେ ଅବା ସ୍ମାର୍ତ୍ତକର୍ମ-ଧର୍ମ ।।୫୩
ଯେ ବିଧିଯଜ୍ଞ ଜଳଦାନେ । ଯେ କର୍ମ ତ୍ରିବର୍ଗସାଧନେ ।।୫୪

ଯେ ରୂପେ ଜୀବ ସମ୍ଭବନ୍ତି । ଯେ ରୂପେ ପାଷାଣ୍ଡ ହୁଅନ୍ତି ।।୫୫
ଆତ୍ମାର ବନ୍ଧ-ମୋକ୍ଷ ଦୁଇ । ଯେବା ସ୍ୱରୂପେ ଯେହ୍ନେ ହୋଇ ।।୫୬
ସେ ଆତ୍ମତନ୍ତ୍ର ଭାବଗ୍ରାହୀ । ଆତ୍ମମାୟାରେ ସେ କ୍ରୀଡ଼ଇ ।।୫୭
ସେ ମାୟା ବିସର୍ଜି ଯେମନ୍ତେ । ପ୍ରଳୟେ ରହେ ସାକ୍ଷୀମତେ ।।୫୮
ଭୋ ମୁନି ପଚାରିଲି ଯେତେ । ସଂକ୍ଷେପି କହିବାକ ମୋତେ ।।୫୯
ତୁ ଯେ ବ୍ରହ୍ମାର ସମ ମୁନି । ଏ ବିଶ୍ୱସଂସାର ପ୍ରମାଣି ।।୬୦
ପୁଣ୍ୟପୁରୁଷେ ଯାହା ଚିନ୍ତି । ଅପରେ ଯାହା ଆଚରନ୍ତି ।।୬୧
ଆହାରହୀନେ ମୋର ପ୍ରାଣ । କେବେହେଁ ନୋହିବ ମଳିନ ।।୬୨
ତୁମ୍ଭ ବଚନୁ ହରିରସ । ପିବନ୍ତେ ମନ ହେବ ତୋଷ ।।୬୩
ସୂତ କହନ୍ତି ଅନୁରାଗେ । ଶୌନକଆଦି ମୁନି ଆଗେ ।।୬୪

ସୂତ ଉବାଚ

ଏମନ୍ତେ ପରୀକ୍ଷିତବାଣୀ । ହରଷେ ଶୁକମୁନି ଶୁଣି ।।୬୫
ମୁନିଜନଙ୍କ ସମାମଧ୍ୟେ । ଯେ ଅବା କହିଲେ ଆନନ୍ଦେ ।।୬୬
ସେ ଭାଗବତ ହରିଗୁଣ । ବ୍ରହ୍ମସମ୍ମତ ଯେ ପୁରାଣ ।।୬୭
ଯେ କଥା ବ୍ରହ୍ମାର ଅଗ୍ରତେ । ସେ ବ୍ରହ୍ମକଳ୍ପ-ଉପଗତେ ।।୬୮
ଏକାନ୍ତେ କହିଲେ ମୁରାରି । ବିଶ୍ୱସଂସାରେ ଦୟାକରି ।।୬୯
ପାଣ୍ଡବଶ୍ରେଷ୍ଠ ପରୀକ୍ଷିତ । ଯେ ପ୍ରଶ୍ନ କଲେକ ଉକତ ।।୭୦
ସେ କଥା ଆଦି ମଧ୍ୟ ଅନ୍ତେ । କହିବି ତୁମ୍ଭର ଅଗ୍ରତେ ।।୭୧
ବୋଲଇ ଦାସ ଜଗନ୍ନାଥ । ଦ୍ୱିତୀୟସ୍କନ୍ଧେ ଭାଗବତ ।।୭୨
ଅମୃତ-ରସମୟ-ଗୀତେ । ସୁଜନଜନଙ୍କର ହିତେ ।।୭୩
ପ୍ରାକୃତବନ୍ଧେ ଗୀତବାଣୀ । ଶୁଣି ସଂସାରୁ ତର ପ୍ରାଣୀ ।।୭୪

ଇତି ଶ୍ରୀମଦ୍ଭାଗବତେ ମହାପୁରାଣେ ପାରମହଂସ୍ୟାଂ ସଂହିତାୟାଂ
ଦ୍ୱିତୀୟସ୍କନ୍ଧେ ପ୍ରଶ୍ନବିଧିର୍ନାମାଷ୍ଟମୋଽଧ୍ୟାୟଃ ।

ନବମ ଅଧ୍ୟାୟ

ଶୁକ କହନ୍ତି ରାଜା ଆଗେ । ତାର ପ୍ରଶନେ ଅନୁରାଗେ ।। ୧

ଶୁକ ଉବାଚ

ଶୁଣ ନୃପତି ପୁଣ୍ୟଦେହା । ତୁ ମୋତେ ପଚାରିଲୁ ଯାହା ।। ୨
ବିଷ୍ଣୁର କ୍ରୀଡ଼ା ମାୟାଗୁଣ । ସୃଷ୍ଟି-ପାଳନ-ସଂହାରଣ ।।୩
ଆତ୍ମମାୟାରେ ସୃଷ୍ଟିକରେ । ସେ ମାୟା କେବା କଳିପାରେ ।। ୪
କରଇ ସକଳ ସମ୍ଭବ । ସ୍ୱପ୍ନେ ଯେସନେ ଅନୁଭବ ।। ୫
ଏହା ଈଶ୍ୱର-ମାୟା ବିନେ । ନ ଘଟେ ତତ୍ତ୍ୱ ଅନୁମାନେ ।। ୬
ଯେବେ ସେ ମାୟାରେ ମିଶଇ । ଏକୁ ଅନେକ ପ୍ରକାଶଇ ।। ୭
ସ୍ୱଭାବେ ମାୟା ବହୁରୂପୀ । ରୂପ ପ୍ରକାଶେ ସର୍ବବ୍ୟାପୀ ।। ୮
ସେ ରୂପେ ଥାଇ ସର୍ବଗୁଣେ । ମୁହିଁ ମୋହର ପ୍ରାୟେ ମଣେ ।। ୯
ଯେବେ ସେ ଭକ୍ତିଯୋଗ କରେ । ତେବେ ମମତା ପରିହରେ ।। ୧୦
ସତ୍ୟ ପ୍ରକାଶେ ଯେବେ ଦେହେ । ନିଶ୍ଚିନ୍ତେ ଆତ୍ମାରୂପେ ରହେ ।। ୧୧
କାଳ ମାୟାର ପରେ ରହି । ପର ଆପଣା ଭେଦ କାହିଁ ।। ୧୨
ମାୟାକୁ ରମେ ସତ୍ୟ ପ୍ରାୟେ । ସତ୍ୟ ଅସତ୍ୟେ ଭେଦ ନୋହେ ।। ୧୩
ଆତ୍ମାର ତତ୍ତ୍ୱଶୁଦ୍ଧି ଅର୍ଥେ । କହିଲେ ବ୍ରହ୍ମାର ଅଗ୍ରତେ ।। ୧୪
ଯେଣୁ ସେ ଘୋରତପ କରି । ଅନେକ କଷ୍ଟେ ପ୍ରାଣ ଧରି ।। ୧୫
ତପେ ତୋଷିଲା ଭଗବାନ । ତେଣୁ ପାଇଲା ଦରଶନ ।। ୧୬
ନିର୍ମଳ ନିଷ୍କପଟ ଚିତ୍ତେ । ଯେଣୁ ଚିନ୍ତିଲା ହୃଦଗତେ ।। ୧୭
ଶୁଣ କହିବା ତୋ ଅଗ୍ରତେ । ବ୍ରହ୍ମାଙ୍କୁ ଦିଶିଲା ଯେମନ୍ତେ ।। ୧୮
ସେ ଆଦି-ଦେବଗଣ-ଗୁରୁ । ଭକତ-ବାଞ୍ଛା-କଳ୍ପତରୁ ।। ୧୯
ନିଜ ଭୁବନେ ସୁଖେ ଥିଲା । ଖେଳିବା ଅର୍ଥେ ବିଚାରିଲା ।। ୨୦
ଆତ୍ମାରେ ଆତ୍ମା ମାୟାଗ୍ରସ୍ତ । ପ୍ରପଞ୍ଚ ନିର୍ମାଣ ଯେମନ୍ତ ।। ୨୧

ନାଭିରୁ ପଦ୍ମ କଲା ଜାତ । ତହୁଁ ଜନ୍ମିଲା ଚତୁର୍ମାଥ ।। ୨୨
ସେ ପୁଣି ଚିନ୍ତାଭରେ ରହି । ପର ଅପର ନ ଜାଣଇ ।। ୨୩
ସୃଷ୍ଟି ବିଷୟ କି ପ୍ରକାର । ମନେ ଚିନ୍ତଇ ବେଦବର ।। ୨୪
ଚିନ୍ତା ବିକଳେ ଭାବେ ମନେ । ଶବଦ ଶୁଭିଲା ଗଗନେ ।। ୨୫
ଜଳେ କମଳମଧ୍ୟେ ଥିଲା । ବେନି ଅକ୍ଷର ସେ ଶୁଣିଲା ।। ୨୬
କ କାର ଆଦି ଯେ ଷୋଡ଼ଶେ । ପଞ୍ଚ ମିଶ୍ରିତ ଏକବିଂଶେ ।। ୨୭
ଶବଦେ 'ତପ' ଉଚ୍ଚାରଣ । ନିଷ୍କିଞ୍ଚନଙ୍କ ନିଜଧନ ।। ୨୮
ସେ ବାଣୀ ଶୁଣି ବ୍ରହ୍ମା କର୍ଣ୍ଣେ । ନିରୋପି ଚାହିଁଲା ଗଗନେ ।। ୨୯
ଶୂନ୍ୟେ କି ସୁଧା ଉଚ୍ଛୁଳିଲା । କିବା ଅମୃତ ବରଷିଲା ।।୩୦
ଦିଗ ସହିତେ ଅନାଇଲା । କାହିଁ ସେ କିଛି ନ ଦେଖିଲା ।।୩୧
ସେ ପୁଣି ରହି ନିଜସ୍ଥାନେ । ଆତ୍ମାର ହିତ ଚିନ୍ତି ମନେ ।।୩୨
ଜାଣିଲା ଏ ପରମତତ୍ତ୍ୱ । ତପ ସାଧନେ ଦେଲା ଚିତ୍ତ ।।୩୩
ଏ ମୋର ହିତ ବୋଲି ଜାଣି । ନିଶ୍ଚଳ ମନେ କୁଶପାଣି ।।୩୪
ଅମୋଘ-ଦୃଷ୍ଟି ସେ ବିଧାତା । ତପେ ବଢ଼ିଲା ତାର ଚିନ୍ତା ।।୩୫
ଦେବବରଷେ ଦଶଶତ । ତପେ ବସିଲା ଦୃଢ଼ ଚିତ୍ତ ।।୩୬
ମନ ପବନ କଲା ବନ୍ଦି । ଦଶଇନ୍ଦ୍ରିୟଗଣ ରୁନ୍ଧି ।।୩୭
ତପସ୍ୟା କଲା ଅତିରେକ । ଯହୁଁ ପ୍ରକାଶ ସର୍ବଲୋକ ।।୩୮
ତପ ପ୍ରସାଦେ ନରହରି । ମିଳିଲେ ନିଜରୂପ ଧରି ।।୩୯
ସ୍ୱଲୋକ ସ୍ୱଗଣ ସହିତେ । ଦିଶିଲେ ବ୍ରହ୍ମାର ଅଗ୍ରତେ ।।୪୦
ସେ ରୂପ ନ ଜାଣନ୍ତି କେହି । ମାୟା-ସଂସାରେ ଦେହ ବହି ।।୪୧
ବିଷ୍ଣୁ ପ୍ରସନ୍ନେ ପ୍ରଜାପତି । ଛାଡ଼ିଲା ମନୁ ଦୁଃଖ ଭ୍ରାନ୍ତି ।।୪୨
ଶୂନ୍ୟେ ବିଜୟେ ଶଙ୍ଖଧାରୀ । ଅଶେଷ ଦେବେ ସ୍ତୁତି କରି ।।୪୩
ଯାର ଶରୀରେ ରଜ-ତମେ । ପଶି ନ ପାରନ୍ତି ସଂଭ୍ରମେ ।।୪୪
ଯେ ଅବା କାଳର ବିକ୍ରମ । ସେ ବା ହୋଇବ କାହିଁ କ୍ଷମ ।।୪୫
ମାୟା ନ ପାରେ ପଶି ଯହିଁ । ରାଗ-ଲୋଭାଦି ଭେଦ କାହିଁ ।।୪୬
ବିମାନ ମଧ୍ୟେ ନାରାୟଣ । ବେଷ୍ଟିତ ପାରିଷଦଗଣ ।।୪୭
ସର୍ବେ ଦିଶନ୍ତି ବିଷ୍ଣୁତେଜ । ସ୍ୱଭାବେ ଚାରି ଚାରି ଭୁଜ ।।୪୮

ଶ୍ୟାମସୁନ୍ଦର ତନୁ ବର୍ଣ୍ଣ । ଅରୁଣ-ପଙ୍କଜ-ଲୋଚନ ॥୪୯
ପୀତବସନ ପରିଧାନ । ସୁରୁଚି ସୁନ୍ଦର ବଦନ ॥୫୦
ମଣି ପଦକ କଣ୍ଠ ଦେଶେ । କାମ-ଗଞ୍ଜନ ନିଜ ବେଶେ ॥୫୧
ପ୍ରବାଳ ବଇଡୁର୍ଯ୍ୟ କାନ୍ତି । ମୃଣାଳ ପ୍ରାୟ ଝଟକନ୍ତି ॥୫୨
କିରୀଟ ଖଞ୍ଜିତ କପୋଳ । ଶ୍ରବଣେ ମକର-କୁଣ୍ଡଳ ॥୫୩
ତେଜେ ବିରାଜେ ନଭସ୍ଥଳୀ । ବିମାନ ପରେ ସର୍ବେ ମିଳି ॥୫୪
ଦିବ୍ୟ କାମିନୀଗଣ ସଙ୍ଗେ । ବିଜୁଳି ଯେହ୍ନେ କଳାମେଘେ ॥୫୫
ଅଷ୍ଟବିଭୂତି ସଙ୍ଗ ମେଳେ । କମଳା ସେବେ ପାଦ ତଳେ ॥୫୬
ଦିବ୍ୟ ଦୋଳିକା ମଧ୍ୟେ ନାରୀ । ପୁଷ୍ପ ବରଷି ସ୍ତୁତି କରି ॥୫୭
ହରିର ପ୍ରିୟ କର୍ମମାନ । ଭ୍ରମରେ କରନ୍ତି ଗାୟନ ॥୫୮
ଏମନ୍ତେ ବିଷ୍ଣୁ ନଭସ୍ଥଳେ । ବ୍ରହ୍ମା ଦେଖିଲେ ନିଜ ଡୋଳେ ॥୫୯
ଯାହାର ନାମ ଶିରୀପତି । ଭକତଜନଙ୍କର ପତି ॥୬୦
କମଳାପତି ଯଜ୍ଞପତି । ଜଗତପତି ସର୍ବଗତି ॥୬୧
ସୁନନ୍ଦ-ନନ୍ଦ ଆଦି ଯେତେ । ପୂଜା ଉଚିତ ବଳି ହସ୍ତେ ॥୬୨
ପୂଜନ୍ତି କିଙ୍କର ସ୍ୱଭାବେ । ମିଳି ସଂଭ୍ରମେ ସର୍ବଦେବେ ॥୬୩
ଭୃତ୍ୟଙ୍କୁ ପ୍ରସନ୍ନ-ବଦନ । ଅରୁଣ-ପଙ୍କଜ-ଲୋଚନ ॥୬୪
କିରୀଟ କୁଣ୍ଡଳ ବିରାଜେ । ପୀତବସନ କଟିମାଝେ ॥୬୫
ଶ୍ରୀବତ୍ସ ଚିହ୍ନ ହୃଦେ ଶୋହେ । ରୂପେ ଅଶେଷଜନ ମୋହେ ॥୬୬
ଅମୂଲ୍ୟ-ସିଂହାସନେ ସ୍ଥିତି । ବେଷ୍ଟିତ ପଞ୍ଚବିଂଶ-ଶକ୍ତି ॥୬୭
ସ୍ୱଭାବେ ଅଇଶ୍ୱର୍ଯ୍ୟମୟ । ଇତରଜନେ ଅନିଶ୍ଚୟ ॥୬୮
ସ୍ୱଧାମେ ସ୍ୱରୂପେ ରମନ୍ତି । ଏଣୁ ସେ ଈଶ୍ୱର ବୋଲାନ୍ତି ॥୬୯
ଏମନ୍ତ ରୂପ ବ୍ରହ୍ମା ଦେଖି । ଉଠିଲେ ଆସନ ଉପେକ୍ଷି ॥୭୦
କୃଷ୍ଣ-ଦର୍ଶନ ଆହାଲାଦ । ଅନ୍ତରେ ହୋଇ ଗଦଗଦ ॥୭୧
ଲୋମ ହରଷେ ତନୁ ପୂର୍ଣ୍ଣ । ପ୍ରେମାଶ୍ରୁ ଗଳଇ ଲୋଚନ ॥୭୨
ଶ୍ରୀକୃଷ୍ଣ-ପାଦପଦ୍ମ ଚାହିଁ । ନମିଲା ଶିରେ କର ଦେଇ ॥୭୩
ଆନନ୍ଦସାଗରେ ବୁଡ଼ିଲା । ଅଧିକେ ଆତ୍ମା ପାଶୋରିଲା ॥୭୪
ଅତି ଆନନ୍ଦେ ପ୍ରେମ ସୁଖେ । ସେ ବ୍ରହ୍ମା ବିଷ୍ଣୁର ସମ୍ମୁଖେ ॥୭୫

ପ୍ରଜା-ସର୍ଜନେ ତାର ମନ । ଜାଣିଲେ ପ୍ରଭୁ ଭଗବାନ ॥୭୬
ବ୍ରହ୍ମା-ବଦନ ହରି ଚାହିଁ । ଈଷିତ-ହାସ୍ୟେ ବାକ୍ୟ କହି ॥୭୭
ଆତ୍ମାର ପ୍ରିୟ ପ୍ରାୟ କରି । ବ୍ରହ୍ମାର କର କରେ ଧରି ॥୭୮

ଭଗବାନ ଉବାଚ

ହେ ବେଦଗର୍ଭ ସୃଷ୍ଟିଅର୍ଥେ । ତୁମ୍ଭେ ଯେ ତୋଷ କଲ ମୋତେ ॥୭୯
ଅତି ଦୁସ୍ତର ଘୋରତପେ । ତେଣୁ ମୁଁ ତୋହର ସମୀପେ ॥୮୦
ସ୍ୱଭାବେ ଯୋଗୀଙ୍କୁ ଦୁର୍ଲଭ । ତୋତେ ମୁଁ ହୋଇଲି ସୁଲଭ ॥୮୧
ସର୍ବମଙ୍ଗଳ ହେଉ ତୋର । ଦୃଢ଼ଚିତ୍ତରେ ମାଗ ବର ॥୮୨
ମୋହର ଦରଶନ ଯେବେ । ପ୍ରାଣୀ ଲଭଇ ପୁଣ୍ୟଭାବେ ॥୮୩
ତାହାର ଶ୍ରେୟ ପରିଶ୍ରମ । ଅନ୍ତରେ ହୋଏ ଆତ୍ମାରାମ ॥୮୪
ଗଗନେ ଶୁଣି ମୋ ବଚନ । ତୁ ଯେ ତପରେ କଲୁ ମନ ॥୮୫
କର୍ମ ବିଭ୍ରମ ଦେଖି ତୋତେ । ମୁଁ ଯେ ଡାକିଲି ଶୂନ୍ୟପଥେ ॥୮୬
ବୋଇଲି ଦୃଢ଼େ ତପ କର । ମୁଁ ତୋତେ ହୋଇବି ଗୋଚର ॥୮୭
ମୋର ହୃଦୟ ତପ ଜାଣ । ତପ ମୋ ଆତ୍ମାଟି ପ୍ରମାଣ ॥୮୮
ତପେ ମୁଁ ସୃଷ୍ଟି କଲି ହେଲେ । ଅନ୍ତେ ସଂହରେ ତପବଳେ ॥୮୯
ତପର ବଳେ ଏ ଜଗତ । ମୁହିଁ ପାଳଇ ଅବିରତ ॥୯୦
ଏମନ୍ତେ ବିଷ୍ଣୁ ମୁଖୁ ଶୁଣି । ବିଧାତା କହେ ସ୍ତୁତିବାଣୀ ॥୯୧

ବ୍ରହ୍ମା ଉବାଚ

ହେ ନାରାୟଣ ଭୂତେଶ୍ୱର । ପ୍ରାଣୀ ହୃଦୟେ ତୁମ୍ଭ ଘର ॥୯୨
ହୃଦୟପଦ୍ମ ମଧ୍ୟେ ଥାଉ । ପ୍ରାଣୀଙ୍କ ଉପଦେଶ ଦେଉ ॥୯୩
ଏଣୁ ମୋହର ମନ ଜାଣି । ଯେ ଜ୍ଞାନ ଦେଲ ଚକ୍ରପାଣି ॥୯୪
ଅନାଥନାଥ ତୋ ମହିମା । କେ ଜାଣିପାରେ ଗୁଣସୀମା ॥୯୫
ମୁଁ ତୋର ଚରଣେ କିଙ୍କର । ଏମନ୍ତ ଆଜ୍ଞା ମୋତେ କର ॥୯୬
ରୂପ ଅରୂପ ତୋର ଯେତେ । ଏ ସୃଷ୍ଟି କରୁ ତୁ ଯେମନ୍ତେ ॥୯୭
ଯେ ମାୟାଯୋଗେ ସୃଷ୍ଟି କରୁ । ନାନାପ୍ରକାରେ ଶକ୍ତି ଧରୁ ॥୯୮

ଏ ସୃଷ୍ଟି-ସ୍ଥିତି-ସଂହାରଣ । ଯେମନ୍ତେ ହେଉ ତୁ କାରଣ ॥୯୯
ସ୍ୱତନ୍ତ୍ର-ସୂତ୍ରେ ଊର୍ଣ୍ଣନାଭି । କ୍ରୀଡ଼ଇ ଯେହ୍ନେ ମନେ ଭାବି ॥୧୦୦
ତେମନ୍ତ ବୁଦ୍ଧି ଦିଅ ମୋତେ । ଏ ସୃଷ୍ଟି କରଇ ଯେମନ୍ତେ ॥୧୦୧
ସୃଷ୍ଟି-ସଂକଳ୍ପେ ମୋର ଇଚ୍ଛା । ତୁ ନାଥ କହ ସୃଷ୍ଟି-ଦୀକ୍ଷା ॥୧୦୨
ତୁମ୍ଭର ଶିକ୍ଷା ଘେନି ଚିତ୍ତେ । ସୃଷ୍ଟି କରିବି ଅବିରତେ ॥୧୦୩
ସୃଷ୍ଟି କରଣେ ଭଗବାନ । କେବେହେଁ ନାହିଁ ମୋର ଜ୍ଞାନ ॥୧୦୪
ତୋ ଅନୁଗ୍ରହ ଯେବେ ମୋତେ । ତୁ ନାଥ ବସ ମୋର ଚିତ୍ତେ ॥୧୦୫
ହେ ହରି ସଖାପ୍ରାୟ କରି । ତୁ ଯେ ମୋହର କର ଧରି ॥୧୦୬
ସେ ଅହଂକାର ମୋର ମନେ । ନୋହିବ ହେବ ତୋ ଅର୍ଚ୍ଚନେ ॥୧୦୭
ଯାବତ ପ୍ରଜାସର୍ଗେ ଜନ । କରିବି ଉତ୍ତମ ମଧ୍ୟମ ॥୧୦୮
ମୁଁ ଅଜ ସ୍ୱତନ୍ତ୍ର ମୋ ଭାବ । ଏମନ୍ତ ନୋହିବ ମୋ ଗର୍ବ ॥୧୦୯
ଏମନ୍ତ ବ୍ରହ୍ମାର ବଚନ । ଶୁଣି କହନ୍ତି ଭଗବାନ ॥୧୧୦

ଭଗବାନ ଉବାଚ

ଶୁଣ ବିଧାତା ମୋ ବଚନ । ଯେଣେ ଇଭିବୁ ସୃଷ୍ଟି-ଜ୍ଞାନ ॥୧୧୧
ଯେ ଭକ୍ତିଯୋଗ ମୋ ସମ୍ମତ । ଅଟଇ ଅତ୍ୟନ୍ତ ଗୁପତ ॥୧୧୨
ସୃଷ୍ଟି ସର୍ଜନା ଅଙ୍ଗ ଯେତେ । ହରଷେ କହୁଁ ତୋ ଅଗ୍ରତେ ॥୧୧୩
ଯେମନ୍ତ ସ୍ୱରୂପ ମୋ ହୋଇ । ସ୍ୱଭାବେ ରୂପଗୁଣ ଯେହି ॥୧୧୪
ଯେ କର୍ମମାନ ମୁହିଁ ବହେ । ସେ ତତ୍ତ୍ୱବିଜ୍ଞାନ ତୋ ଦେହେ ॥୧୧୫
ପ୍ରସରୁ ମୋର ଅନୁଗ୍ରହେ । ଜଗତ ଯେହ୍ନେ ମୋର ଦେହେ ॥୧୧୬
ସୃଷ୍ଟିର ଅଗ୍ରେ ମୁହିଁ ଏକ । ମୋ ତହୁଁ ପ୍ରସରେ ଅନେକ ॥୧୧୭
ସତ ଅସତ ପର ମୁହିଁ । ଯେ ଅବଶେଷ ଶେଷ ରହି ॥୧୧୮
ଏଣୁ ଏ ଆଦି ମଧ୍ୟ ଅନ୍ତେ । ମୋ ତହୁଁ ଅନ୍ୟ କେ ଜଗତେ ॥୧୧୯
ଅର୍ଥକୁ ଛାଡ଼ି ଯାର ବଶେ । ପ୍ରତୀତ ହୁଅଇ ଆଭାସେ ॥୧୨୦
ମାୟା ପ୍ରକାଶେ ସେ ପ୍ରମାଣେ । ଗଗନେ ଯେହ୍ନେ ଜ୍ୟୋତିର୍ଗଣେ ॥୧୨୧
ଯେମନ୍ତେ ସ୍ଥୂଳ ସୂକ୍ଷ୍ମ ଭୂତେ । ପ୍ରବେଶ ପଞ୍ଚ-ମହାଭୂତେ ॥୧୨୨
ଛାଡ଼ି ପଶନ୍ତି ପୁଣ ପୁଣ । ମୁଁ ମାୟା ଶରୀରେ ତେସନ ॥୧୨୩

ଆତ୍ମା ସର୍ବଦା ସର୍ବଠାବେ । ଅନ୍ୱୟ-ବ୍ୟତିରେକ ଭାବେ ॥୧୨୪
ଏହା ଜାଣନ୍ତି ତତ୍ତ୍ୱଜ୍ଞାନୀ । ମାୟାସଂସାରେ ଅନୁମାନି ॥୧୨୫
ତୋର ପ୍ରସ୍ତାବେ ପ୍ରଜାପତି । କହିଲି ସୃଷ୍ଟି ଯଥାଗତି ॥୧୨୬
ଯେଝା ବିଚାର ଅନୁମାନେ । ଯେ ସର୍ବକାଳ ବିଦ୍ୟମାନେ ॥୧୨୭
ଏ ମୋର ତତ୍ତ୍ୱଜ୍ଞାନ ବଳେ । ଧର ତୁ ସମାଧି ନିଶ୍ଚଳେ ॥୧୨୮
କଳ୍ପ ବିକଳ୍ପେ ତୋର ଚିତ୍ତ । କେବେହେଁ ନୋହୁ ବିମୋହିତ ॥୧୨୯

ଶୁକ ଉବାଚ

ଏ ରୂପେ ପ୍ରଭୁ ଭାବଗ୍ରାହୀ । ବ୍ରହ୍ମାକୁ ସୃଷ୍ଟିତତ୍ତ୍ୱ କହି ॥୧୩୦
ତକ୍ଷଣେ ବ୍ରହ୍ମାର ଅଗ୍ରତେ । ଗୋବିନ୍ଦ ଗଲେ ଶୂନ୍ୟପଥେ ॥୧୩୧
କୃଷ୍ଣ ନ ଦେଖି ପ୍ରଜାପତି । ଅନେକମତେ କଲା ସ୍ତୁତି ॥୧୩୨
କରଅଞ୍ଜଳି ଶିରେ ଦେଇ । ଅନେକଭାବେ ଭାବ ବହି ॥୧୩୩
ବିଶ୍ୱ ସର୍ଜିଲା ବିଷ୍ଣୁ ତେଜେ । ପୂର୍ବର ପ୍ରାୟ ନାନା ବୀର୍ଯ୍ୟେ ॥୧୩୪
ସେ ପ୍ରଜାପତି ଧର୍ମପତି । ଯମ ନିୟମେ ଦେଲା ମତି ॥୧୩୫
ପ୍ରଜା କଲ୍ୟାଣ ଚିନ୍ତାକରି । ଆତ୍ମାର ହିତ ମନେ ଧରି ॥୧୩୬
ବ୍ରହ୍ମାର ସମାଧି ନିଶ୍ଚଳ । ଦେଖି ନାରଦ ମୁନିବର ॥୧୩୭
ପୁତ୍ରଙ୍କ ମଧ୍ୟେ ପ୍ରିୟତମ । ବିନୟେ ସେବାରେ ସେ ପୁଣ ॥୧୩୮
ବ୍ରହ୍ମାର ମନ ତୋଷ କଲେ । ବିଷ୍ଣୁର ମାୟା ଜାଣିବାରେ ॥୧୩୯
ପିତାର ମନ ତୋଷ ଜାଣି । ବିନୟଭାବେ ମୁନିମଣି ॥୧୪୦
ପୁଚ୍ଛିଲେ ପିତାର ଅଗ୍ରତେ । ତୁ ଯାହା ପଚାରିଲୁ ମୋତେ ॥୧୪୧
ନାରଦ ବାକ୍ୟେ ବେଦବର । ହରି-ମହିମା ଅଗୋଚର ॥୧୪୨
ଯେତେ କହିଲେ ସୃଷ୍ଟି ଅର୍ଥେ । ମାୟାର ମହିମା ଯେମନ୍ତେ ॥୧୪୩
ଜାଣିବା ଅର୍ଥେ ମହାମୁନି । କହି ବିଧାତା ହେଲେ ତୁନି ॥୧୪୪
ବ୍ରହ୍ମା-ନାରଦ ପ୍ରଶ୍ନ ଯେତେ । କହିଲି ତୋହର ଅଗ୍ରତେ ॥୧୪୫
ରାଜନ ସାବଧାନେ ଶୁଣ । ଏ ଭାଗବତର ପ୍ରମାଣ ॥୧୪୬
ଦଶଲକ୍ଷଣେ ଏହା ଜାଣି । ଯେବା କହିଲେ ପରିମାଣି ॥୧୪୭
ଏ କଥା ସରସ୍ୱତୀତଟେ । ନାରଦ ବ୍ୟାସଙ୍କ ନିକଟେ ॥୧୪୮

ଏବେ ମୁଁ ତୋହର ଅଗ୍ରତେ । କହିଲି ପଚାରିଲୁ ଯେତେ ॥୧୪୯
ଏମନ୍ତେ ପରୀକ୍ଷିତ ମେଳେ । ଶୁକ କହିଲେ ଗଙ୍ଗାକୂଳେ ॥୧୫୦
ଦଶଲକ୍ଷଣେ ଭାଗବତ । କହଇ ଦାସ ଜଗନ୍ନାଥ ॥୧୫୧

ଇତି ଶ୍ରୀମଦ୍ଭାଗବତେ ମହାପୁରାଣେ ପାରମହଂସ୍ୟାଂ ସଂହିତାୟାଂ
ଦ୍ୱିତୀୟସ୍କନ୍ଧେ ନବମୋଽଧ୍ୟାୟଃ ।

ଦଶମ ଅଧ୍ୟାୟ

ଶୁକ ଉବାଚ

ମୁନି କହନ୍ତି ରାୟେ ଶୁଣ । ଏ ଭାଗବତର ଲକ୍ଷଣ ॥୧
ଦଶପ୍ରକାରେ ଭାବ ଚିନ୍ତି । ପୁରାଣ-ପୁରୁଷେ ବୋଲାନ୍ତି ॥୨
ତାହା କହିବା ଏକେ ଏକେ । ପ୍ରସ୍ତାବେ ତୋହର ସମ୍ମୁଖେ ॥୩
ସର୍ଗ ବିସର୍ଗ ଯେବା ସ୍ଥାନ । ପୋଷଣ ଉତି ପରିମାଣ ॥୪
ଯେ ମନ୍ୱନ୍ତର ଈଶକଥା । ନିରୋଧ ମୁକ୍ତିର ବ୍ୟବସ୍ଥା ॥୫
ଆଶ୍ରୟ ମିଶି ଦଶଗୁଣ । ଏ ଭାଗବତର ଲକ୍ଷଣ ॥୬
ଦଶ ବିଶୁଦ୍ଧ ଅର୍ଥେ ରହେ । ନବ ଲକ୍ଷଣ ଯେବା ହୋଏ ॥୭
ବେଦ ବିଚାରି ମହାଜନେ । ତତ୍ତ୍ୱ କହନ୍ତି ଅନୁମାନେ ॥୮
ଦଶଇନ୍ଦ୍ରିୟ ପଞ୍ଚମାତ୍ର । ମହତ ତୁଲେ ପଞ୍ଚଭୂତ ॥୯
ତାହାଙ୍କ ଜନ୍ମ ସର୍ଗ କହି । ବିସର୍ଗ ଶୁଣ ଚିତ୍ତ ଦେଇ ॥୧୦
ବିରାଟ-ପୁରୁଷର ଦେହେ । ବ୍ରହ୍ମା ସର୍ଜନା ଯେତେ ହୋଏ ॥୧୧
ପୌରୁଷ ଚରାଚର ଯେତେ । ବିସର୍ଗ ବୋଲନ୍ତିଟି ଏତେ ॥୧୨
ବିଷ୍ଣୁ ବିଜୟ ସ୍ଥିତି ନାମ । ଭକ୍ତାନୁଗ୍ରହ ଯେ ପୋଷଣ ॥୧୩

ମନ୍ୱନ୍ତର ଯେ ମନୁ ଧର୍ମ । କର୍ମବାସନା ଉତି ନାମ ॥୧୪
ବିଷ୍ଣୁ ଅବତାର ଚରିତ । ତାର ଭକ୍ତଙ୍କ ଯେ ଭକତ ॥୧୫
କୃଷ୍ଣର କଥା ଅନୁବାଦେ । ଉତ୍ତମ ପୁରୁଷଙ୍କ ମଧ୍ୟେ ॥୧୬
ଈଶାନୁକଥା ଏହା କହି । ଅପରେ ଶୁଣ ମନ ଦେଇ ॥୧୭
ସଂହରି ଆତ୍ମାର ଶକତି । ଜଳେ ଶୟନ ଯୋଗପତି ॥୧୮
ନିରୋଧ ବୋଲି ତାର ନାମ । ନିଜ ସ୍ୱଭାବେ ପୂର୍ଣ୍ଣକାମ ॥୧୯
ମୁକ୍ତି ସ୍ୱରୂପେ ବ୍ୟବସ୍ଥିତି । ଯହିଁ ନ ଘଟେ ପୁନର୍ଗତି ॥୨୦
ଆଭାସ ନିରୋଧ ଏ ଦୁଇ । ଯା ଠାରୁ ପ୍ରକାଶ ହୁଅଇ ॥୨୧
ଆଶ୍ରୟ ନାମ ସେ ବୋଲାଇ । ପରମ ବ୍ରହ୍ମ ଯାକୁ କହି ॥୨୨
ସେ ପରମାତ୍ମା ନରହରି । ଅଂଶେ ଅଶେଷଘଟେ ପୂରି ॥୨୩
ତାର ସକାଶୁ ଜୀବ ଏକ । ତେଣୁ ବୋଲାଇ ଆଧ୍ୟାତ୍ମିକ ॥୨୪
ସେ ଅଧିଦେବତା ବୋଲାଇ । ଅଧିଭୂତଙ୍କ ଆତ୍ମା ସେହି ॥୨୫
ଯେ ବେନି ବିଚ୍ଛେଦ କରଇ । ତାହାକୁ ଅଧିଭୂତ କହି ॥୨୬
ଅଭାବେ ଏକ ଏକତର । ଯଦି ନ ଲକ୍ଷେ ପରସ୍ପର ॥୨୭
ତେବେ ଏ ନୁହଁଇ ସଂସାର । ଯେମନ୍ତେ ଚକ୍ଷୁ ଦିନକର ॥୨୮
ତୃତୀୟେ ସାକ୍ଷୀରୂପ ହୋଇ । ଯେ ଦେଖେ ପରଆତ୍ମା ସେହି ॥୨୯
ଅନ୍ୟ ଆଶ୍ରୟ ସେ ହୁଅଇ । ତାର ଆଶ୍ରୟ ଅଟେ ସେହି ॥୩୦
ସର୍ବଆଶ୍ରୟ ତାର ନାମ । ପରମ ପୁରୁଷ ଉତ୍ତମ ॥୩୧
ସେ ଯେଉଁ କାଳେ ଅଣ୍ଡଭେଦି । ବାହାର ହେଲା ଗୁଣନିଧି ॥୩୨
ଆତ୍ମାର ସ୍ଥାନ ଇଚ୍ଛା କରି । ସ୍ୱଭାବେ ଜଳସୃଷ୍ଟି କରି ॥୩୩
ସେ ଜଳ ମଧ୍ୟେ ମାୟାଧର । ବଞ୍ଚିଲା ସହସ୍ରବତ୍ସର ॥୩୪
ଜଳର 'ନାରା' ବୋଲି ନାମ । ତେଣୁ ତା ନାମ ନାରାୟଣ ॥୩୫
ଯେ ଦ୍ରବ୍ୟ ଗୁଣ କର୍ମ କାଳ । ସ୍ୱଭାବେ ଜୀବ ଏକମେଳ ॥୩୬
ଯା ଅନୁଗ୍ରହେ ଉପୁଜନ୍ତି । ଯାର ନିଗ୍ରହେ ଲୀନ ହୋନ୍ତି ॥୩୭
ଯେ ଯୋଗମାୟା ବଳେ ଉଠି । ଅଂଶେ କଳ୍ପଇ ନାନାସୃଷ୍ଟି ॥୩୮
ସୁବର୍ଣ୍ଣମୟ ତା ଶରୀର । ସର୍ଜିଲା ତ୍ରିବିଧ ପ୍ରକାର ॥୩୯
ଆଧିଦୈବତ ଆଧ୍ୟାତ୍ମିକ । ଆବର ଆଧିଭଉତିକ ॥୪୦

ଗୁଣ ପୌରୁଷ ବୀର୍ଯ୍ୟବଳେ । ଯଥା ତ୍ରିବିଧି ଭେଦ ହେଲେ ।।୪୧
ଅନ୍ତଃଶରୀର ଆକାଶରୁ । ପରମପୁରୁଷ ଚେଷ୍ଟାରୁ ।।୪୨
ସ୍ୱଭାବେ ଓଜ-ସହ-ବଳ । ଜାତ ହୋଇଲେ ଅନର୍ଗଳ ।।୪୩
ଏ ତିନିଭାବୁ ପ୍ରାଣ ଜାତ । ଦଶପ୍ରାଣଙ୍କ ମୂଳନାଥ ।।୪୪
ତାହାର ବଳେ ପ୍ରାଣ ଚଳେ । ଇନ୍ଦ୍ରିୟ ଚେଷ୍ଟାକୁ ସେ କରେ ।।୪୫
ଜ୍ଞାନ ଅଜ୍ଞାନ ଏହିମତେ । ଅଶେଷଜନ ଅନ୍ତର୍ଗତେ ।।୪୬
ରାଜାକୁ ଯେହ୍ନେ ଆଶ୍ରେ କରି । ସେବକେ ପଥ ଅନୁସରି ।।୪୭
ମୂଳକମଳୁ ଏହି ମତେ । ସଞ୍ଚରୁ ବ୍ରହ୍ମରନ୍ଧ୍ରପଥେ ।।୪୮
ପ୍ରାଣର ଆତଯାତ ଶ୍ରମେ । ଉପୁଜେ କ୍ଷୁଧାତୃଷା ସମେ ।।୪୯
କ୍ଷୁଧାତୃଷାର ମାର୍ଗ ସୁଖ । ଅର୍ଥେ ସୃଜିଲା ଅଗ୍ରେ ମୁଖ ।।୫୦
ମୁଖର ମୂଳେ ତାଲୁ ଜାତ । ସଂଯୋଗେ ରସନା ସମ୍ଭୂତ ।।୫୧
ତାର ସଂଯୋଗେ ନାନାରସେ । ବସନ୍ତି ବରୁଣ ବିଶ୍ୱାସେ ।।୫୨
ଶବଦ ଅର୍ଥେ ମୁଖଦ୍ୱାରେ । ଅଗ୍ନିଦେବତା ବାକ୍ୟ ଧରେ ।।୫୩
ସୁଚିରକାଳ ଥାଇ ଜଳେ । ନାସାବିମ୍ବର ବାୟୁବଳେ ।।୫୪
ଆଘ୍ରାଣ ଅର୍ଥେ ଉପୁଜିଲେ । ତକ୍ଷଣେ ଗନ୍ଧବହ ତୁଲେ ।।୫୫
ଆତ୍ମାର ଦେଖି ଅନ୍ଧକାର । ବ୍ରହ୍ମା ସୃଜିଲା ଚକ୍ଷୁଦ୍ୱାର ।।୫୬
ଜ୍ୟୋତି ସର୍ଜିଲା ତା ରକ୍ଷଣେ । ରୂପ-ଗ୍ରହଣ ଇଚ୍ଛି ମନେ ।।୫୭
ବେଦପୁରୁଷଙ୍କ ବଚନେ । ବିଧାତା ବେଦ ଅନୁମାନେ ।।୫୮
ଶୁଣିବା ଅର୍ଥେ ନାନାସ୍ୱନ । ନିର୍ମଳେ ପ୍ରକାଶିଲା କର୍ଣ୍ଣ ।।୫୯
ଦିଗ-ଦେବତାଙ୍କ ରକ୍ଷଣେ । ପ୍ରକାଶେ ଯେ ବାମେ ଦକ୍ଷିଣେ ।।୬୦
ବସ୍ତୁର କୋମଳ କଠିନ । ଲଘୁ କି ଅବା ଗୁରୁ ଗୁଣ ।।୬୧
ଶୀତଳ ଉଷ୍ମ ଯେଣେ ଜାଣି । ପବନ ଯୋଗେ ପରିମାଣି ।।୬୨
ସେ ଚର୍ମଇନ୍ଦ୍ରିଗୁଣେ ଭଜି । ଉପରେ ବହେ ରୋମରାଜି ।।୬୩
ଅଶେଷକର୍ମ କରିବାରେ । ପ୍ରକାଶ ହୃଦୟ ଉପରେ ।।୬୪
ବାମ ଦକ୍ଷିଣ ବେନିକର । ଯହିଁ ରକ୍ଷକ ସୁନାସୀର ।।୬୫
ଦାନ ଆଦାନ କର୍ମ ଆଦି । ଅର୍ଥେ ସର୍ଜିଲା ବେଦବାଦୀ ।।୬୬
ସୁଗମଗତି ଚିନ୍ତି ପୁଣ । ବିଧାତା ସର୍ଜିଲା ଚରଣ ।।୬୭
ସେ ବାମ-ଦକ୍ଷିଣ-ପଦର । ରକ୍ଷକ ହେଲେ ଯଜ୍ଞେଶ୍ୱର ।।୬୮

ସମସ୍ତ ହବ୍ୟ-କବ୍ୟ-ବିଧି । ଚରଣଯୁଗ ବଳେ ସାଧି ।।୬୯
ବେନିଚରଣ ମୂଳଦେଶେ । ଆନନ୍ଦେ ଶିଶ୍ନ ପରକାଶେ ।।୭୦
ସନ୍ତାନ-ଉତ୍ପତ୍ତି କାରଣେ । ରକ୍ଷକ ପ୍ରଜାପତିଗଣେ ।।୭୧
ଉଭୟ ଆନନ୍ଦର ଦ୍ୱାର । ଅନଙ୍ଗତୁଲେ ନିଶାକର ।।୭୨
ଉତ୍ସର୍ଗ ଅର୍ଥେ ବେଦବର । ତପେ ସୃଜିଲା ମଳଦ୍ୱାର ।।୭୩
ମିତ୍ର-ଦେବତାର ବିଷୟ । ଉଭୟ ଉତ୍ସର୍ଗ-ଆଶ୍ରୟ ।।୭୪
ଦେହରୁ ଦେହାନ୍ତର ଗତି । ଇଚ୍ଛାରୁ ନାଭି ଉତପତ୍ତି ।।୭୫
ନାଭିରେ ପ୍ରାଣ ଯେ ଅପାନ । ବିଯୋଗେ ହୁଅଇ ମରଣ ।।୭୬
ଅନ୍ନ ଭୋଜନ ପାନ ସଧେ । ନାଡ଼ି ସୃଜିଲା କୁକ୍ଷିମଧ୍ୟେ ।।୭୭
ନାଡ଼ୀରେ ନଦୀ ତୃଷା ବସେ । ଅନ୍ତ୍ରେ ସମୁଦ୍ର ରହେ ଗ୍ରାସେ ।।୭୮
ଉଭୟ ନିମିତ୍ତ ଏ ଦୁଇ । ଯେ ତୁଷ୍ଟି ପୁଷ୍ଟି ନାମ ବହି ।।୭୯
ଆତ୍ମମାୟାକୁ ଚିନ୍ତା କରି । ସତ୍ତ୍ୱେ ହୃଦୟ ରୂପ ଧରି ।।୮୦
କାମ ସଙ୍କଳ୍ପ ଚନ୍ଦ୍ର ମନ । ହୃଦୟ ଏହାଙ୍କର ସ୍ଥାନ ।।୮୧
ହୃଦୟ ଆବୋରିବା ଆଶେ । ଅସ୍ଥି ସର୍ଜିଲା ପୃଷ୍ଠଦେଶେ ।।୮୨
ଅସ୍ଥି ଭିତରେ ମଜ୍ଜା କଲା । ଉପରେ ମେଦ ଭିଆଇଲା ।।୮୩
ତାର ଉପରେ ମାଂସ ଧରି । ରୁଧିର ଆବରଣ କରି ।।୮୪
ତାର ଉପରେ ଚର୍ମ-ରୋମ । ମଜ୍ଜାର ମଧ୍ୟେ ରହେ ବ୍ୟୋମ ।।୮୫
ଏମନ୍ତ କରି ସପ୍ତଧାତୁ । ପ୍ରାଣୀଜୀବନ ମୂଳହେତୁ ।।୮୬
ବାସ୍ତରି ସହସ୍ର ଯେ ନାଡ଼ୀ । ହୃଦକମଳ ମଧ୍ୟେ ବେଢ଼ି ।।୮୭
ପ୍ରାଣ ରହଇ ତାଙ୍କ ମଧ୍ୟେ । ଅନ୍ତରେ ରସ-ମୂଳ ଭେଦେ ।।୮୮
ତ୍ରିଗୁଣାତ୍ମକ ଇନ୍ଦ୍ରିଗଣ । ଭୂତାଦି ପ୍ରଭବ ଯେ ଗୁଣ ।।୮୯
କଳ୍ପିତ ଅହଙ୍କାରେ ପୁଣ । ସର୍ବବିକାର ଆତ୍ମା ମନ ।।୯୦
ବୁଦ୍ଧି ବିଜ୍ଞାନ ସ୍ୱରୂପିଣୀ । ଯେଣେ ସଂସାରମାୟା ଜିଣି ।।୯୧
ଅବନୀ ଉଦକ ଅନଳ । ପବନ ଆକାଶ ମଣ୍ଡଳ ।।୯୨
ଏ ପଞ୍ଚଭୂତ କଳେବର । ବିଷ୍ଣୁର ଭଜନ-ମନ୍ଦିର ।।୯୩
ଏମନ୍ତେ କହିଲି ମୁଁ ତୋତେ । ବିଷ୍ଣୁର ସ୍ଥୂଳରୂପ ଯେତେ ।।୯୪
ଏ ଜୀବ ବ୍ରହ୍ମାଣ୍ଡ-ଧାରଣେ । ବେଷ୍ଟିତ ଅଷ୍ଟ-ଆବରଣେ ।।୯୫
ପୃଥିବୀ ଆଦି ପଞ୍ଚଭୂତ । ମନ ଅହଙ୍କାର ମହତ ।।୯୬

ଏ ଅଷ୍ଟଗୁଣେ ଆବରଣ । ଏମନ୍ତେ ବ୍ରହ୍ମାଣ୍ଡ-ଘଟଣ ॥୯୭
ଏ ସ୍ଥୂଳରୂପ ଯେ ତାହାର । ଏହା ଉପରେ ସୂକ୍ଷ୍ମତର ॥୯୮
ସେ ନିର୍ବିକାର ନିରଞ୍ଜନ । ଅନାଦି-ମଧ୍ୟମ-ନିଧନ ॥୯୯
ସେ ଶୂନ୍ୟମଧ୍ୟେ ନିରାକାର । ମନ-ବଚନ-ଅଗୋଚର ॥୧୦୦
ଏ ସ୍ଥୂଳ-ସୂକ୍ଷ୍ମ ରୂପ ଧରି । ଖେଳଇ ଆତ୍ମମାୟା କରି ॥୧୦୧
ପଣ୍ଡିତେ ନ ମାନନ୍ତି ଏହା । ସୃଷ୍ଟି-ସଂକଳ୍ପ ବିଷ୍ଣୁମାୟା ॥୧୦୨
ବାଚ୍ୟ-ବାଚକ ରୂପ ଧରି । ସେ ବ୍ରହ୍ମରୂପୀ ଅବତରି ॥୧୦୩
ସେ ରୂପ ନାମ କ୍ରିୟା ଧାତୁ । ଅକର୍ମା ହୋଇ କର୍ମହେତୁ ॥୧୦୪
ସର୍ବସଙ୍କଳ୍ପ କ୍ରିୟା ଅର୍ଥେ । ଶୁଣ କହିବା ଆଉ ଯେତେ ॥୧୦୫
ଆତ୍ମାକୁ ଭିନ୍ନଭିନ୍ନ କରି । ସେ ପ୍ରଜାପତି ରୂପ ଧରି ॥୧୦୬
ମନୁଙ୍କୁ ସର୍ଜିଲା ସେ ହେଲେ । ଋଷି ଦେବତା ପିତୃମେଳେ ॥୧୦୭
ସିଦ୍ଧ ଚାରଣ ବିଦ୍ୟାଧର । ଗନ୍ଧର୍ବ ଗୁହ୍ୟକ ଅସୁର ॥୧୦୮
କିନ୍ନର ଅପସରା ଗଣ । ନାଗ କିଂପୁରୁଷ ଯେ ପୁଣ ॥୧୦୯
ଯକ୍ଷ ଉରଗ ମାତୃଗଣ । ପିଶାଚ ଭୂତ ପ୍ରେତମାନ ॥୧୧୦
କୁଷ୍ମାଣ୍ଡଗଣ ବିନାୟକ । ଉନ୍ମାଦ ବେତାଳ ଯେତେକ ॥୧୧୧
ଯେ ଯାତୁଧାନ ସରୀସୃପ । ଗ୍ରହ ମୃଗାଦି ଖଗ ରୂପ ॥୧୧୨
ବୃକ୍ଷ ପର୍ବତ ପଶୁଗଣ । ଏ ରୂପେ କଲେକ ସର୍ଜନ ॥୧୧୩
ଦ୍ୱିବିଧ ଚତୁର୍ବିଧ ଗଣେ । ଜଳେ ବା ସ୍ଥଳେ ବା ଗଗନେ ॥୧୧୪
ମିଶ୍ର କୁଶଳ ଅକୁଶଳ । ତିନି ପ୍ରକାରେ କର୍ମଫଳ ॥୧୧୫
ଏତେ ପ୍ରକାରେ କର୍ମଗତି । ଆତ୍ମାର ବଳେ ସେ ସର୍ଜନ୍ତି ॥୧୧୬
ଗୁଣ ପ୍ରଭେଦେ ତିନିଲୋକ । ଦେବ ଅସୁର ନରଲୋକ ॥୧୧୭
ସତ୍ତ୍ୱଗୁଣରୁ ଦେବ ହୋଇ । ମନୁଷ୍ୟ ରଜଗୁଣ ବହି ॥୧୧୮
ତମଗୁଣରୁ ଅଧୋଗତି । ପାପିଷ୍ଠେ ଯହିଁ ବିଶ୍ରାମନ୍ତି ॥୧୧୯
ସେ ତିନିଲୋକେ ତିନିଗତି । ଭାବେ ସୃଜିଲା ପ୍ରଜାପତି ॥୧୨୦
ସେ ଗୁଣ ଚିତ୍ରପ୍ରାୟ ହୋଇ । ସ୍ୱଭାବେ ଭିନ୍ନଭିନ୍ନ ଦେହୀ ॥୧୨୧
ଏକ ଆରକେ ନ ଗଣିଲେ । ନିଶ୍ଚଳେ ରହି ନ ପାରିଲେ ॥୧୨୨
ତା ଦେଖି ପ୍ରଭୁ ନରହରି । ତକ୍ଷଣେ ଧର୍ମରୂପ ଧରି ॥୧୨୩

ବିଶ୍ୱକୁ ପାଳିବାର ଅର୍ଥେ । ଦେବ ମନୁଷ୍ୟ ପଶୁ ଯେତେ ॥୧୨୪
ଏ ତିନିରୂପେ ଭଗବାନ । ରକ୍ଷା-ପୋଷଣେ କରି ସ୍ଥାନ ॥୧୨୫
ସୁଖ ସମ୍ପଦ ଭୋଗ ଦେଇ । ଯେ ବିଧି ସଂସାରେ ବଢ଼ାଇ ॥୧୨୬
ସୃଷ୍ଟିର ଭୋଗଅନ୍ତେ ହରି । କାଳାଗ୍ନି-ରୁଦ୍ରରୂପ ଧରି ॥୧୨୭
ଆତ୍ମାର କ୍ରୀଡ଼ା ନାଶ କରେ । ବାଳକ ଯେସନେ ବେଭାରେ ॥୧୨୮
ସର୍ବ ହରଇ ଅବସାନେ । ଜୀମୂତ ଯେସନ ପବନେ ॥୧୨୯
ଏ ଭାବେ ହରିଗୁଣ ଯେତେ । ଦେବେ ଚିନ୍ତିବେ କାହିଁ ଚିତ୍ତେ ॥୧୩୦
କେବଳ ଭାବେ ତାଙ୍କୁ ଜାଣି । ଶ୍ରୁତିବଚନେ ତା ପ୍ରମାଣି ॥୧୩୧
ସୃଷ୍ଟିର ଜନ୍ମ ଆଦିକାଳେ । ଯେ କର୍ମସାଧେ ଯୋଗବଳେ ॥୧୩୨
ସ୍ୱଭାବେ କର୍ମ ଯାର ନାହିଁ । ମାୟାରେ ବିଶ୍ୱ ପ୍ରକାଶଇ ॥୧୩୩
ଏ ବ୍ରହ୍ମକଳ୍ପିତ ସଂସାର । ବିକଳ୍ପ ନାମଟି ଏହାର ॥୧୩୪
ଏ ନିତ୍ୟ ସାଧାରଣ ବିଧି । ଯେ ପୂର୍ବକଳ୍ପରୁ ପ୍ରସିଦ୍ଧି ॥୧୩୫
ପ୍ରାକୃତ ବୈକୃତ ସଂସାର । ମହତ-ସ୍ଥାନର ସଞ୍ଚାର ॥୧୩୬
ସଂକ୍ଷେପେ କହିଲଇଁ ତୋତେ । ତୁ ଯାହା ପଚାରିଲୁ ମୋତେ ॥୧୩୭
ଯେ କଳ୍ପ-ଲକ୍ଷଣ ଯେ ନାମ । ଯେ ବା କାଳର ପରିମାଣ ॥୧୩୮
ଭାବେ କହିବି କଳ୍ପଗୁଣ । ରାଜନ ସାବଧାନେ ଶୁଣ ॥୧୩୯
ଶୌନକ ଆଦି ମୁନିଗଣ । ସୂତଙ୍କୁ ପଚାରନ୍ତି ପୁଣ ॥୧୪୦

ଶୌନକ ଉବାଚ

ହେ ସୂତ ତୁମ୍ଭେ ଆମ୍ଭଆଗେ । ଯାହା କହିଲ ଆତ୍ମମାର୍ଗେ ॥୧୪୧
ଦୁର୍ଯ୍ୟୋଧନର ଦୁଷ୍ଟବାଣୀ । ବିଦୁର ସଭାମଧ୍ୟେ ଶୁଣି ॥୧୪୨
କୁଟୁମ୍ବ ଆଶା ଦୂରକରି । ତୀର୍ଥସେବନ ମନେ ଧରି ॥୧୪୩
ପୃଥିବୀ କଲା ପର୍ଯ୍ୟଟନ । ବୁଲି ପର୍ବତ ଘୋରବନ ॥୧୪୪
କୈବଲ୍ୟ ଲାଭେ ଇଚ୍ଛାକଲା । ଅନେକ ତୀର୍ଥ ସେ ଭ୍ରମିଲା ॥୧୪୫
ମୈତ୍ରେୟ ମୁନି ସଙ୍ଗେ ତାର । କାହିଁ ହୋଇଲା ଏକସ୍ୱର ॥୧୪୬
ବ୍ରହ୍ମସମ୍ବାଦ ବେନିଜନେ । କରି ବଞ୍ଚିଲେ କେଉଁସ୍ଥାନେ ॥୧୪୭
ବିଦୁର ପଚାରିଲେ ଯେତେ । ମୈତ୍ରେୟ ବୋଧିଲେ ଯେମନ୍ତେ ॥୧୪୮

ସେ ବନ୍ଧୁତ୍ୟାଗୀ କି ନିମନ୍ତେ	। ପୁଣି ମିଳିଲେ ଇନ୍ଦ୍ରପ୍ରସ୍ଥେ	॥୧୪୯
ହେ ସୂତ କହ ସର୍ବକଥା	। ଯେଣେ ଛାଡ଼ିବ ଭବବ୍ୟଥା	॥୧୫୦
ପଦ୍ମକଳ୍ପର କଥା କହ	। ଯେଣେ ନ ଲାଗେ ଭବମୋହ	॥୧୫୧
ଶୌନକ ପ୍ରଶ୍ନ ସୂତ ଶୁଣି	। କହନ୍ତି ଶୁଣ ମହାମୁନି	॥୧୫୨

ସୂତ ଉବାଚ

ଯେ ପ୍ରଶ୍ନ କଲ ତୁମ୍ଭେ ମୋତେ	। ଏ ପ୍ରଶ୍ନ ଶୁକଙ୍କ ଅଗ୍ରତେ	॥୧୫୩
ପୁଚ୍ଛିଲେ ରାଜା ପରୀକ୍ଷିତ	। ମୈତ୍ରେୟ-ବିଦୁର ଚରିତ	॥୧୫୪
ପରୀକ୍ଷ-ବାକ୍ୟ ଚିତ୍ତେ ଘେନି	। ଯାହା କହିଲେ ଶୁକମୁନି	॥୧୫୫
ସେ ପ୍ରଶ୍ନ ଅନୁସାରେ ଯେତେ	। ଶୁଣ କହିବା ଭାଗବତେ	॥୧୫୬
ସୂତ-ଶଉନକ ସମ୍ବାଦ	। ଶୁଣନ୍ତେ ନ ଲାଗେ ପ୍ରମାଦ	॥୧୫୭
ଦ୍ୱିତୀୟସ୍କନ୍ଧେ ଭାଗବତ	। ଅମୃତ-ରସମୟ-ଗୀତ	॥୧୫୮
ସୁଜନଜନଙ୍କର ହିତ	। କହିଲା ଦାସ ଜଗନ୍ନାଥ	॥୧୫୯

ଇତି ଶ୍ରୀମଦ୍‌ଭାଗବତେ ମହାପୁରାଣେ ଦ୍ୱିତୀୟସ୍କନ୍ଧେ
ଅଷ୍ଟାଦଶସାହସ୍ର୍ୟାଂ ସଂହିତାୟାଂ ପୁରୁଷସଂସ୍ଥାନୁବର୍ଣ୍ଣନଂ
ନାମ ଦଶମୋଽଧ୍ୟାୟଃ ।

●